
ସାଧାରଣ ଲୋକଙ୍କ ଖବରକାଗଜ
ପର୍ଯ୍ୟବେକ୍ଷକ 25
PARYABEKHYAK
ପର୍ଯ୍ୟବେକ୍ଷକ

Vol.26 . No.131 Bhubaneswar Thursday June 29 2023 | ୨୬ତମ ବର୍ଷ ସଂଖ୍ୟା-୧୩୧ ଭୁବନେଶ୍ୱର, ଗୁରୁବାର, ଜୁନ ୨୯, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS

# ବିଜେଡି-ବିଜେପି ବିବାଦ: ବରିଷ୍ଠ ନେତାଙ୍କୁ ବିଜେଡିର ଅଣଦେଖା

ଭୁବନେଶ୍ୱର, ୨୮।୬(ବ୍ୟୁରୋ): ୨୦୨୪ ସାଧାରଣ ନିର୍ବାଚନ ପୂର୍ବରୁ ସୁଚିନ୍ତିତ ରଣନୀତି ଅନୁଯାୟୀ ବିଜେପି ସାଂସଦ ଅପରାଜିତା ଷଡ଼ଙ୍ଗୀ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସଚିବଙ୍କୁ ରାଜନୈତିକ ଆକ୍ରମଣ ରାଜ୍ୟ ରାଜନୀତିରେ ହଟଚମଟ ସୃଷ୍ଟି କରିଛି। ଜଣେ ସରକାରୀ ଅଧିକାରୀ ଭାବେ ଚାକିରୀ ସର୍ତ୍ତାବଳୀ ଉଲ୍ଲଙ୍ଘନ କରି ମୁଖ୍ୟମନ୍ତ୍ରୀଙ୍କ ସଚିବ ରାଜନୈତିକ କାର୍ଯ୍ୟକଳାପରେ ନିଜକୁ ସାମିଲ କରିବା ନେଇ ସାଂସଦ ଷଡ଼ଙ୍ଗୀଙ୍କ ଓ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କ ଅଭିଯୋଗକୁ ଭିତ୍ତି କରି ପରବର୍ତ୍ତୀ ପଦକ୍ଷେପ ଗ୍ରହଣ ଲାଗି କେନ୍ଦ୍ର କାର୍ମିକ ମନ୍ତ୍ରାଳୟ ତରଫରୁ ରାଜ୍ୟ ମୁଖ୍ୟ ସଚିବଙ୍କୁ ପଠାଇ ଦିଆଯାଇଛି। ଏହି ରାଜନୈତିକ ଘଟଣାକ୍ରମର ସବୁଠାରୁ ଆଶ୍ଚର୍ଯ୍ୟଜନକ ଦିଗଟି ହେଉଛି ବିଜେପି ସାଂସଦ ଅପରାଜିତା ଷଡ଼ଙ୍ଗୀଙ୍କ ଶାଣିତ ଆକ୍ରମଣକୁ ପ୍ରତିହତ କରିବା ଲାଗି ବିଜେଡି ଠୋସ ପଦକ୍ଷେପ ନେଉନାହିଁ । ଅପରାଜିତାଙ୍କୁ ରାଜନୈତିକ କାଉଣ୍ଟର ଲାଗି ଜଣେ ବରିଷ୍ଠ ନେତାଙ୍କ ବଦଳରେ ରାଜନୈତିକ ଦୃଷ୍ଟିରୁ ଜୁନିଅର ଶ୍ରୀମୟୀ ମିଶ୍ର ସାମ୍ବାଦିକ ସମ୍ମିଳନୀ ମାଧ୍ୟମରେ ଟାର୍ଗେଟ କରିବା ଘଟଣା ବିଜେଡି ଭାବମୂର୍ତ୍ତୀକୁ ହାଲୁକା କରିଦେଉଛି । ରାଜନୈତିକ ଦୃଷ୍ଟିରୁ ଅପରାଜିତାଙ୍କ ରାଜନୈତିକ ଉଚ୍ଚତା ଶ୍ରୀମୟୀଙ୍କ ଠାରୁ ଖୁବ୍ ଅଧିକ । ଭୁବନେଶ୍ୱର ସାଂସଦଙ୍କୁ କାଉଣ୍ଟର କରିବା ଲାଗି ଶ୍ରୀମୟୀଙ୍କ ଅଭିଜ୍ଞତା ରାଜନୈତିକ ଦୃଷ୍ଟିରୁ ମ୍ୟାଚ କରୁନାହିଁ। ଗଣମାଧ୍ୟମରେ ଅତ୍ୟନ୍ତ ଗମ୍ଭୀର ଭାବେ ଅପରାଜିତା ଷଡ଼ଙ୍ଗୀ ତଥ୍ୟ ଉପସ୍ଥାପନା କରୁଥିବା ବେଳେ ଶ୍ରୀମୟୀଙ୍କ ଉପସ୍ଥାପନା ଶୈଳୀରେ ଅଧିକ ରାଜନୈତିକ ପରିପକ୍ୱତାର ଆବଶ୍ୟକତା ରହିଛି । ତେବେ ବିଜେଡି ହାଇକମାଣ୍ଡ ଜଣେ ଜୁନିଅର ନେତ୍ରୀଙ୍କ ଦ୍ୱାରା କାହିଁକି ଅପରାଜିତାଙ୍କ ଭଳି ବିଜେପିର ରାଷ୍ଟ୍ରୀୟ ମୁଖପାତ୍ରଙ୍କୁ କାଉଣ୍ଟର କରିବାକୁ ଚେଷ୍ଟା କରୁଛନ୍ତି ତାହା ଜଣାପଡୁନାହିଁ। ରାଜନୈତିକ ଚର୍ଚ୍ଚା ଅନୁଯାୟୀ ବରିଷ୍ଠ ନେତାଙ୍କ ଉପରେ ବିଜେଡି ହାଇକମାଣ୍ଡଙ୍କ ଦ୍ୱାରା ଭରସା ଦ୍ୱାରା ହିଁ ନିର୍ବାଚନୀ ବର୍ଷରେ ଏଭଳି ସମସ୍ୟା କିଛିଟା ହାଲୁକା ହୋଇପାରିବ। ବାସ୍ତବରେ ଦେଖିବାକୁ ଗଲେ ଅପରାଜିତାଙ୍କୁ






କୋଣଠେସା କରିବା ଲାଗି ବିଜେଡିରେ ବରିଷ୍ଠ ନେତାଙ୍କର ଲମ୍ବା ତାଲିକା ରହିଛି। ବରିଷ୍ଠତା ଏବଂ ରାଜନୈତିକ ଦୃଷ୍ଟିରୁ ଏମାନେ ଅଭିଜ୍ଞ ଓ ପରିପକ୍ୱ । ବିଜେଡି ନେତା ପ୍ରସନ୍ନ ଆଚାର୍ଯ୍ୟ, ଡ଼ ପ୍ରସନ୍ନ କୁମାର ପାଟଶାଣୀ, ପିନାକୀ ମିଶ୍ର, ଦେବୀ ପ୍ରସାଦ ମିଶ୍ର, ଅମର ଶତପଥୀ, ରଣେନ୍ଦ୍ର ପ୍ରତାପ ସ୍ୱାଇଁ, ଡ଼ ସସ୍ମିତ ପାତ୍ର, ମହେଶ ସାହୁ ପ୍ରମୁଖଙ୍କୁ ଦାୟିତ୍ୱ ଦିଆଯାଇପାରେ । ଭୁବନେଶ୍ୱର ସାଂସଦ ଜଣେ ମହିଳା ହୋଇଥିବାରୁ ମନ୍ତ୍ରୀ ପ୍ରମିଳା ମଲ୍ଲିକଙ୍କୁ ଅପରାଜିତାଙ୍କ ବିରୁଦ୍ଧରେ ସାମ୍ନାକୁ ଅଣାଗଲେ ଦଳକୁ ଅଧିକ ଲାଭ ମିଳିବା ସମ୍ଭାବନା ରହିଛି । ଯେତେବେଳେ ମୁଖ୍ୟମନ୍ତ୍ରୀଙ୍କ ସଚିବଙ୍କ ବିଷୟରେ ସାମ୍ବାଦିକ ସମ୍ମିଳନୀ ମାଧ୍ୟମରେ ଅପରାଜିତା ଟାର୍ଗେଟ କରିଥିଲେ ସେତେବେଳେ ତାଙ୍କୁ କାଉଣ୍ଟର କରିବା ପାଇଁ କେହି ଜଣେ ବରିଷ୍ଠ ନେତା ଆଗକୁ ଆସିନଥିଲେ । ବରିଷ୍ଠ ନେତାଙ୍କ ମଧ୍ୟରୁ କାହାକୁ ଦାୟିତ୍ୱ ଦିଆଯାଇଥିଲେ ହୁଏତ ରାଜ୍ୟ ରାଜନୀତିରେ ପ୍ରସଙ୍ଗଟି କିଛିଏ ହାଲୁକା ହୋଇପାରିଥାନ୍ତା। କେନ୍ଦ୍ର ଶିକ୍ଷା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ରାଜନୈତିକ କାଉଣ୍ଟର କରିବା ଲାଗି ଦଳ ଯେଭଳି ତତ୍ପରତା ଦେଖାଉଛି ଅପରାଜିତାଙ୍କ କ୍ଷେତ୍ରରେ ଠିକ୍ ଓଲଟା ଦେଖାଯାଉଛି। ବିଗତ ପାଞ୍ଚ ଦିନ ମଧ୍ୟରେ ଧର୍ମେନ୍ଦ୍ରଙ୍କୁ ଜବାବ ବିଜେଡି ତରଫରୁ ସାଂସଦ ଡ଼ ସସ୍ମିତ ପାତ୍ରଙ୍କ ମିଡ଼ିଆ ବାଇଟ ଏବଂ ଢ଼େଙ୍କାନାଳ ସାଂସଦ ମହେଶ ସାହୁଙ୍କ ସାମ୍ବାଦିକ ସମ୍ମିଳନୀ ଦେଖିବାକୁ ମିଳିଛି। କିନ୍ତୁ ଅପରାଜିତାଙ୍କ କ୍ଷେତ୍ରରେ ଉଭୟ ଥର ସଙ୍କଟମୋଚକ ଭାବେ ଶ୍ରୀମୟୀ ମିଶ୍ର ହିଁ ସାମ୍ବାଦିକ ସମ୍ମିଳନୀ ମାଧ୍ୟମରେ ଦଳୀୟ ଆଭିମୁଖ୍ୟ ରଖିଛନ୍ତି। ସାଂପ୍ରତିକ ପରିସ୍ଥିତିରେ ଦଳ ମଧ୍ୟରେ ବରିଷ୍ଠ ନେତା ମାନଙ୍କ ଉପାଦୟତା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି । ସମସ୍ତ ଘଟଣାକ୍ରମରେ ବିଜେଡି ବରିଷ୍ଠ ନେତା ମାନେ ଚୁପ ରହିବା ଘଟଣା ରାଜ୍ୟ ରାଜନୀତିରେ ଭ୍ରମ ସୃଷ୍ଟି କରିଛି ଯାହାକି ନିର୍ବାଚନୀ ବର୍ଷରେ ବିଜେଡି ପାଇଁ ମହଙ୍ଗା ସାବ୍ୟସ୍ତ ହୋଇପାରେ। ଏବେଠାରୁ ବିଜେଡି ନିଜର ରଣନୀତି ପରିବର୍ତ୍ତନ ନକଲେ ଦଳୀୟ ଭାବମୂର୍ତ୍ତୀ ପ୍ରଭାବିତ ହେବା ସହ ତୃଣମୂଳସ୍ତରରେ କର୍ମୀ ଏବଂ ମତଦାତାଙ୍କ ଆସ୍ଥା ପ୍ରଭାବିତ ହେବାର ସମ୍ଭାବନା ରହିଛି।


# ସିଂହଦ୍ୱାର ସାମ୍ନାରେ ଲାଗିଲା ୩ ରଥ, କାଲି ଦିନ ୨ଟାରେ ମହାପ୍ରଭୁଙ୍କ ସୁନାବେଶ

ପୁରୀ, ୨୮।୬(ପି.ଏନ): ବାହୁଡ଼ିଲେ ମହାବାହୁ। ସିଂହଦ୍ୱାର ସାମ୍ନାରେ ଲାଗିଲା ୩ ରଥ। ପ୍ରଥମେ ତାଳଧ୍ୱଜ, ଦର୍ପଦଳନ ପରେ ଲାଗିଲା ନନ୍ଦିଘୋଷ ରଥ। ଆଜି ସଂଧ୍ୟା ୬ଟା ୪୩ରେ ସିଂହଦ୍ୱାର ସାମ୍ନାରେ ଲାଗିଲା ନନ୍ଦିଘୋଷ। ସିଂହଦ୍ୱାର ସମ୍ମୁଖରେ ତିନି ରଥ ପହଞ୍ଚିବା ପରେ ସେବାୟତମାନେ ଏକ ସ୍ୱରରେ ଗୀତଗୋବିନ୍ଦ ଗାନ କରିଥିଲେ। ଆସନ୍ତାକାଲି ହେବ ମହାପ୍ରଭୁଙ୍କ ସୁନାବେଶ। ମହଣ ମହଣ ସୁନାରେ ମହାବାହୁ ମଣ୍ଡିତ ହେବେ। ସୁନାପାଦ, ସୁନା ହାତ, ସୁନା କିରଟୀରେ ପ୍ରଭୁ ଝିଲ୍‌ମିଲ୍ ଦିଶିବେ। ମହାପ୍ରଭୁଙ୍କ ଏହି ଦିବ୍ୟ ସୁନା ବେଶ ଦର୍ଶନ କରିବା ପାଇଁ ଶ୍ରୀକ୍ଷେତ୍ରରେ ଭକ୍ତଙ୍କ ଭିଡ ଜମିବ। ଜନ୍ମବେଦୀ ସରିଲା ମହାପ୍ରଭୁଙ୍କ ଲୀଳାଖେଳା। ଏବେ ଶ୍ରୀମନ୍ଦିର ବାହୁଡ଼ିଯିବାର ବେଳ। ସେଥିପାଇଁ



ଶରଧାବାଲିରୁ ସିଂହଦ୍ୱାର ଜନସମୁଦ୍ର। ଲକ୍ଷ ଲକ୍ଷ ଭକ୍ତଙ୍କ ସମାଗମ। ଘଣ୍ଟଘଣ୍ଟା, ହୁଳହୁଳି, ଶଙ୍ଖ ଧ୍ୱନୀରେ ପ୍ରକମ୍ପିତ ବଡଦାଣ୍ଡ। ତାରି ଭିତରେ ନାକଚଣା ଦ୍ୱାରରେ ୩ ଠାକୁରଙ୍କ ଅପେକ୍ଷାରେ ଥିଲା ୩ ରଥ। ଏଣେ ଆଡ଼ପ ମଣ୍ଡପରୁ ଆରମ୍ଭ ହୋଇଥିଲା ସଅଳ ନୀତିକାନ୍ତି। ବଡଭାଇ ବଳଭଦ୍ର ଓ ଭଉଣୀ ସୁଭଦ୍ରାଙ୍କୁ ଧରି ବେଳାବେଳି ବାହୁଡ଼ି ଯିବାକୁ କଳା ସାଆନ୍ତ ବି ସତେଯେମିତି ପ୍ରସ୍ତୁତ ହେଉଥିଲେ। ସେଥିପାଇଁ ନିର୍ଦ୍ଧାରିତ ସମୟର ପ୍ରାୟ ୪ ଘଣ୍ଟା ଆଗରୁ ହୋଇଯାଇଥିଲା ପହଣ୍ଡି। ପ୍ରଥମେ ଚକ୍ରରାଜ ସୁଦର୍ଶନ, ପରେ ପରେ ବଡଭାଇ ବଳଭଦ୍ର, ପରେ ଦେବୀ ସୁଭଦ୍ରା ଓ ଶେଷରେ ଟାହିଆ ହଲାଇ, ହଲି ଝୁଲି ନନ୍ଦିଘୋଷ ରଥକୁ ଏଭଳି ଭଙ୍ଗିରେ ଆସିଥିଲେ ଭାବ ବିନୋଦିଆ।




# ଏବିଡବ୍ଲ୍ୟୁଜେଏଆଇର ଦେଶ ଗଠନରେ ସାମ୍ବାଦିକ ତଥା ନାଗରିକଙ୍କ ଭୂମିକା ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ





ପୁରୀ, ୨୮।୬(ପି.ଏନ): ଜଗନ୍ନାଥ ଧାମ ପୁରୀ ସର୍କିଟ ହାଉସ ସମ୍ମିଳନୀ କକ୍ଷରେ ଦେଶ ଗଠନରେ ସାମ୍ବାଦିକ ତଥା ନାଗରିକଙ୍କ ଭୂମିକା ଶୀର୍ଷକ ଆଲୋଚନାଚକ ହୋଇଯାଇଅଛି। ବରିଷ୍ଠ ସାମ୍ବାଦିକ ତଥା ଏବିଡବ୍ଲ୍ୟୁଜେଏଆଇର ଅଧ୍ୟକ୍ଷ ସୁନୀଲ କୁମାର ମିଶ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପୂର୍ବତନ ଉତ୍ତର-ପୂର୍ବ ରାଜ୍ୟର ସୂଚନା ଓ ଲୋକସମ୍ପର୍କ ବିଭାଗର ନିର୍ଦ୍ଦେଶକ ପ୍ରଫେସର ମାନସ ରଂଜନ ମହାପାତ୍ର ମୁଖ୍ୟଅତିଥି, ଦୈନିକ 'ପର୍ଯ୍ୟବେକ୍ଷକ' ଓ 'ଦି କଳିଙ୍ଗ କ୍ରୋନିକିଲ'ର ମୁଖ୍ୟ ସମ୍ପାଦକ ଡକ୍ଟର ପବିତ୍ର ମୋହନ ସାମନ୍ତରାୟ ମୁଖ୍ୟବକ୍ତା, ପୁରୀ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଶ୍ରୀ ସନ୍ତୋଷ ସେଠୀ ଓ ଓୟୁଡବ୍ଲ୍ୟୁଜେର ସଭାପତି ସଞ୍ଜୟ ଦାସ ସମ୍ମାନନୀୟ ଅତିଥି ଭାବେ ଯୋଗ ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମରେ ବରିଷ୍ଠ ସାମ୍ବାଦିକ ବିଜୟ କୁମାର ପଟ୍ଟନାୟକ, ନାରାୟଣ ପ୍ରସାଦ ସିଂ, ଆଡ଼ଭୋକେଟ ଉମାବଲ୍ଲଭ ମହାପାତ୍ର, ସାମାଜିକ କର୍ମୀ ଶ୍ରୀ ସୂର୍ଯ୍ୟନାରାୟଣ ରଥ, ଲେଖକ ତଥା ସାମାଜିକ କର୍ମୀ, ଶ୍ରୀମତୀ ପ୍ରୀତି ମିଶ୍ର, କବି ଏବଂ ଲେଖକ ମିନତି ମିଶ୍ର, ସମାଲୋଚକ ତଥା ସାମାଜିକ କାର୍ଯ୍ୟକର୍ତ୍ତା। ଡକ୍ଟର କୈଳାସ ଟିକାୟତରାୟ ଏବଂ ସାମ୍ବାଦିକ, ସାମାଜିକ କର୍ମୀ ତଥା ସଂଗଠକ ଶ୍ରୀ ପ୍ରସନ୍ନ କୁମାର ଲେଙ୍କାଙ୍କୁ ମାନପତ୍ର ଓ ଉତ୍ତରୀୟ ପ୍ରଦାନ କରି ସମ୍ମାନୀତ କରାଯାଇଥିଲା। ଏହି ସମାବେଶରେ ସାମ୍ବାଦିକା, ଲେଖିକା ଡକ୍ଟର ସୁଦୀପ୍ତିତା ମିଶ୍ର, ଲେଖକ ତଥା ଜ୍ୟୋତିଷ, ଡକ୍ଟର ସସ୍ମିତା ମିଶ୍ର, କବୀ ତଥା ଲେଖିକା ମିନତି ମିଶ୍ର, ଗାୟିକା ମଞ୍ଜୁଶ୍ରୀ ମିଶ୍ର ଏବଂ ଗଞ୍ଜାମ ଜିଲ୍ଲାର ସାମ୍ବାଦିକ ଆଡ଼ଭୋକେଟ ସାଇପ୍ରସାଦ ପରିଡ଼ା, ବାଲେଶ୍ୱର ଜିଲ୍ଲାର ସାମ୍ବାଦିକ କିଶୋର କୁମାର ମହାନ୍ତି, ଓୟୁଡବ୍ଲ୍ୟୁଜେ ସାଧାରଣ ସମ୍ପାଦକ ହୃଷୀକେଶ ମହାନ୍ତି, ଉପସଭାପତି ରାଜନୀକାନ୍ତ ସାମନ୍ତରାୟ, ବରିଷ୍ଠ ସାମ୍ବାଦିକ ନୃପ କିଶୋର ପଟ୍ଟନାୟକ, ପୁରୀ ସାମ୍ବାଦିକା ସନ୍ଦିପ୍ତା ଦେ, ସାମ୍ବାଦିକ ମଦନ ମୋହନ ରାଉତ, ମମତା ମହାନ୍ତି, ସୁବ୍ରତ ବେହେରା, ଅଙ୍କିତା ଦେ, ଜ୍ୟୋତିର୍ମୟ ମିଶ୍ର, ବସନ୍ତୀ ମିଶ୍ର, ଦୀପକ କୁମାର ବେହେରା ପ୍ରମୁଖ ଅଂଶଗ୍ରହଣ କରିଥିଲେ । ଅଧ୍ୟକ୍ଷ ସୁନୀଲ କୁମାର ମିଶ୍ର ପୁରୀ ଜିଲ୍ଲାପାଳ ତଥା ସମସ୍ତ କର୍ତ୍ତୃପକ୍ଷଙ୍କୁ କାର୍ଯ୍ୟକ୍ରମରେ ସହଯୋଗ କରିଥିବାରୁ କୃତଜ୍ଞତା ଜ୍ଞାପନ କରିବା ସହ ଆଗାମୀ ଦିନରେ ନୂଆଦିଲ୍ଲୀର ପ୍ରେସ୍ କ୍ଲବଠାରେ ସଂଘ ପକ୍ଷରୁ ଅନୁଷ୍ଠିତ ହେବାକୁ ଥିବା ବିଷୟରେ ସୂଚନା ପ୍ରଦାନ କରିଥିଲେ। ଶେଷରେ ବରିଷ୍ଠ ସାମ୍ବାଦିକ ରଜନୀକାନ୍ତ ସାମନ୍ତରାୟ ଧନ୍ୟବାଦ ଅର୍ପଣ କରିଥିଲେ।








# ଟି ଟାଇମ୍

## ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଂଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିଡ଼ମ ଘାସ। କାର ନିର୍ମାତାମାନେ ସେହି ସିଡ଼ମ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚାଲିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ସ୍ଟଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।

## ମୋଗଲ ଯୁଗର ଘଂଟେଓ୍ୱାଲା ଦୋକାନ




ଦିଲ୍ଲୀର ଚାନ୍ଦିନି ଚୌକ ସ୍ଥିତ ୨୨୫ବର୍ଷ ପୁରୁଣା ମିଠା ଦୋକାନ ଘଂଟେଓ୍ୱାଲାକୁ କ୍ରୟ କରିବା ପାଇଁ ଆରମ୍ଭ ହୋଇଯାଇଛି ପ୍ରତିଯୋଗିତା। ଏଥିପାଇଁ କିଛି ବ୍ୟବସାୟ ୧୦କୋଟି ଟଙ୍କାର ଅଫର ଦେଇଥିଲା ବେଳେ ଦୋକାନର ମାଲିକ ୧୦୦କୋଟିରୁ ଅଧିକ ଦାବି କରୁଥିବା କୁହାଯାଉଛି। ୧୭୯୦ ମସିହାରେ ମୋଗଲ ଶାସନ ସମୟରେ ଏହି ମିଠା ଦୋକାନର ଆରମ୍ଭ ହୋଇଥିଲା। ମିଠା ଏବଂ ନମକିନ ପାଇଁ ଏହି ଦୋକାନର ଖ୍ୟାତି ଖାଲି ଦିଲ୍ଲୀ ନୁହେଁ ଦେଶ ବାହାରେ ମଧ୍ୟ ରହିଛି। ତେବେ ବର୍ତମାନର ଦୋକାନ ମାଲିକ ସୁଶାନ୍ତ ଜୈନ ଏହି ଦୋକାନକୁ କିଛି ଦିନ ହେବ ବନ୍ଦ କରିଛନ୍ତି। ତାଙ୍କ ଯୁକ୍ତି ହେଉଛି ଯେ, କ୍ୱାଲିଟ କଂଟ୍ରୋଲ ବିଭାଗର ଚାପ ଯୋଗୁ ଦୋକାନ ଚଳାଇବା କଷ୍ଟ ହେଉଛି। ଏଥିସହ ଦୋକାନ ବନ୍ଦ କରିବାର ଅନ୍ୟ କାରଣ ମଧ୍ୟ ରହିଛି। ଦୋକାନ ବନ୍ଦ କାରଣରୁ ପୁରୁଣା ଦିଲ୍ଲୀର ଲୋକମାନଙ୍କ ମଧ୍ୟରେ ନିରାଶା ଭାବ ଦେଖାଦେଇଛି। ଦୋକାନ ବିକ୍ରି ହେବାର ଚର୍ଚ୍ଚା ଯୋର ଧରିଥିବାରୁ ବହୁ ଦୋକାନି ଦୋକାନ କିଣିବା ପାଇଁ ଆଗ୍ରହ ପ୍ରକାଶ କରିଛନ୍ତି। ଏଥିପାଇଁ ୧୦କୋଟିରୁ ଅଧିକ ଟଙ୍କାର ଅଫର ମଧ୍ୟ ସେମାନେ ଦେଲେଣି।

## ସ୍ୱର୍ଗଦ୍ୱାର ପାଲଟିଛି ଗଛ

ଇଣ୍ଡୋନେସିଆର ଦକ୍ଷିଣ ସୁଲାବେସି ପ୍ରାନ୍ତରେ ଏଭଳି ଏକ ଗଛ ରହିଛି ଯାହାକୁ ନେଇ ସେଠାକାର ଲୋକଙ୍କର ଏକ ଅନ୍ଧବିଶ୍ୱାସ କରିଛି । କଥା କ'ଣ ସେହି ଗଛ ନିଜେ ହିଁ ସେ ଅଂଚଳର ସ୍ୱର୍ଗଦ୍ୱାର ପାଲଟିଛି । ସେଠାକାର ଅନେକ ଲୋକ ତାଙ୍କ ପିଲାମାନଙ୍କର ମୃତ୍ୟୁ ପରେ ତାଙ୍କ ମୃତ ଦେହକୁ ମାଟିରେ ପୋତିବା ବଦଳରେ ଗଛ ମଧରେ ହିଁ ପୋତିଥାନ୍ତି । ସେମାନଙ୍କ ମାନ୍ୟତା ରହିଛି ସେପରି କଲେ ସେମାନଙ୍କର ପିଲାମାନଙ୍କୁ ପ୍ରକୃତି ତାଙ୍କ ମଧରେ ଆଶ୍ରୟ ଦେଇଥାଏ । ଏହି ଖାସ୍ ପ୍ରକାରର ଗଛ ସେଠାକାର ତାନା ତୋରାଜା ନାମକ ସ୍ଥାନରେ ଅବସ୍ଥିତ । ସେ ଗାଁର ପିଲାମାନେ ମରିଯିବା ପରେ ଗଛରେ ତାଙ୍କର ସମାଧି ବନାଇବା ପାଇଁ ଗଛର ଗଣ୍ଡିକୁ ପ୍ରଥମେ ଖୋଳି ସ୍ଥାନ ବନାଇଥାନ୍ତି ପରେ ତାଙ୍କ ଶିଶୁର ଶବକୁ ଗୋଟିଏ କପଡ଼ାରେ ଗୁଡ଼ାଇ ସେହି ଗଛ ମଧରେ ରଖିଦିଅନ୍ତି । ତା'ପରେ ଗାତକୁ ପୋତିବା ପାଇଁ ଗଛ ଗଣ୍ଡିରେ ପ୍ରସ୍ତୁତ ପ୍ରାଇବର ଚଦର ବ୍ୟବହାର କରନ୍ତି । ଗଛ ମଧରେ କେବଳ ସେହି ପିଲାମାନଙ୍କୁ ପୋତାଯାଏ ଯାହାର ଦାନ୍ତ ଉଠିନଥିବ । ସମୟକ୍ରମେ ସେହି ଖାଲ ସ୍ଥାନ ଆପେ ଆପେ ପୂରିଯାଏ । ଏହାକୁ ଦେଖି ଗାଁଲୋକ ମାନି ନିଅନ୍ତି ତାଙ୍କ ମରିଯାଇଥିବା ଶିଶୁକୁ ପ୍ରକୃତିର କୋଳକୁ ଚାଲିଗଲା ।



### ପୁରାଣ କାହାଣୀ

# ନାରୀଙ୍କ ସାତଟି ବିଶେଷ ଗୁଣ



ଭଗବାନ ତାଙ୍କ ସୃଷ୍ଟିର ସମସ୍ତ ଜୀବଙ୍କ ଭିତରେ, ଆତ୍ମା ରୂପରେ ସମାନ ଭାବରେ ପୂରି ରହି ସମସ୍ତଙ୍କୁ ସଂଚାଳିତ କରୁଥିଲେ ମଧ ଭିନ୍ନ ଭିନ୍ନ ଲୋକଙ୍କର ପୃଥକ୍ ପୃଥକ୍ କର୍ମ ସମ୍ପାଦନ ନିମିତ ଶକ୍ତିର ବିଭିନ୍ନତା ଦୃଷ୍ଟିରୁ ସେମାନଙ୍କ ଭିତରେ ଭଗବାନ୍‌ଙ୍କ ବିଭୂତିର ତାରତମ୍ୟ ଦେଖାଦେଇଥାଏ । ସେହି ଦୃଷ୍ଟିରୁ ପିଲାମାନଙ୍କୁ ଜନ୍ମ ଦେଇ ସେମାନଙ୍କର ଲାଳନପାଳନ କରିବା ସହିତ ଅନ୍ୟମାନଙ୍କ ପ୍ରତି ଅନୁକମ୍ପା ପ୍ରଦର୍ଶନ କରି ପରିବାର ଏବଂ ସମାଜରେ ମାଧୁର୍ଯ୍ୟର ଭାବ ସୃଷ୍ଟି କରିବା ଭଳି କର୍ତବ୍ୟ ସମ୍ପାଦନ ପାଇଁ ଭଗବାନ୍ ତାଙ୍କ ବିଭୂତି ରୂପରେ ନାରୀମାନଙ୍କଠାରେ ସାତୋଟି ବିଶେଷ ଗୁଣ ରୂପରେ ପ୍ରକାଶ ହୋଇଛନ୍ତି । ସେହି ଗୁଣଗୁଡ଼ିକ ହେଉଛି କୀର୍ତି, ଶ୍ରୀ, ବାକ୍, ସ୍ମୃତି, ମେଧା, ଧୃତି ଏବଂ କ୍ଷମା । ଭଗବାନ କୀର୍ତି ରୂପରେ ନାରୀମାନଙ୍କଠାରେ ପ୍ରକାଶିତ ହୋଇ ନାରୀଙ୍କର ପବିତ୍ରତା, ନିଷ୍କଳଙ୍କ ଚରିତ୍ର ଏବଂ ସଦାଚରଣର ଭାବକୁ ନେଇ ତାଙ୍କର ସୁଖ୍ୟାତି ପ୍ରକାଶ କରିଛନ୍ତି । ସେହି ଦୃଷ୍ଟିରୁ ନାରୀମାନେ ତାଙ୍କ ଉପରେ ନିର୍ଭରଶୀଳ ତାଙ୍କ ପରିବାରର ସମସ୍ତ କାମସବୁ ଠିକ୍ ସମୟରେ କରିଦେବା ଦରକାର । ଏହାଦ୍ୱାରା ପରିବାରବର୍ଗ ଆନନ୍ଦପ୍ରାପ୍ତ ହେବେ ଓ ପରିବାରରେ ଶାନ୍ତିର ବାତାବରଣ ସୃଷ୍ଟି ହେବ ।

ଭଗବାନ୍ ନାରୀମାନଙ୍କ ଶରୀରରେ ମେଧା ରୂପରେ ନିବାସ କରିଥାଆନ୍ତି । ଏହା ହେଉଛି ଧୀଶକ୍ତି ବା ଧାରଣ କରିବାର ଶକ୍ତି । ଏହି ଶକ୍ତିସମ୍ପନ୍ନ ବ୍ୟକ୍ତିକୁ ଯାହା ଥରେ ଶିଖାଇ ଦିଆଯାଏ ସେ ତାହା ସହଜରେ ମନେ ରଖିଥାଆନ୍ତି, ଏପରିକି କେତେକ ବିଷୟ ଜୀବନର ଶେଷ ପର୍ଯ୍ୟନ୍ତ ତାଙ୍କ ମନରେ ରହିଯାଇଥାଏ । ନାରୀମାନଙ୍କ ମେଧା ଦୃଷ୍ଟିରୁ ସେମାନେ ସମସ୍ତ କାମକୁ ଶୀଘ୍ର ବୁଝିଥାନ୍ତି ଓ ବିରକ୍ତି ପ୍ରକାଶ ନକରି ସେ ସବୁର ସମ୍ପନ୍ନ କରିବା ନାରୀପକ୍ଷେ ସହଜସାଧ୍ୟ ହୋଇଥାଏ । ଏହି ଦୃଷ୍ଟିରୁ ଯାହାର ଧୀଶକ୍ତି ଯେତେ ପ୍ରଖର ତା'ର ସେତିକି ଅଧିକ ଆଦର । ଭଗବାନଙ୍କ ବିଭୂତି ଆତ୍ମବଳ ରୂପରେ ନାରୀଙ୍କଠାରେ ପ୍ରକଟିତ ହୋଇ ତାଙ୍କୁ ପ୍ରଦାନ କରୁଥିବା ଧୈର୍ଯ୍ୟ ବା ଧାରଣ କରିବାର ଶକ୍ତି ହେଉଛି ଧୃତି । ଯାହାର ଜୀବନରେ ଧୃତି କମିଯାଏ ସେ ବିଶେଷ ଶକ୍ତିଶାଳୀ ହୋଇ ପାରିନଥାନ୍ତି ଏବଂ ଜୀବନରେ ସଫଳ ହୋଇପାରି ନଥାନ୍ତି । ଦଣ୍ଡ ଦେବାର ଶକ୍ତିଥିଲେ ମଧ୍ୟ ଅପରାଧକୁ ଭୁଲି, ଅପରାଧୀକୁ କିଛି ଦଣ୍ଡ ନ ଦେବା ହେଉଛି କ୍ଷମା। ବିଭୂତି ରୂପରେ ନାରୀମାନଙ୍କ ପାଖରେ ଭଗବାନ ରହି ସେମାନଙ୍କ ସ୍ୱଭାବସୁଲଭ କର୍ତବ୍ୟ ପାଳନ ପାଇଁ ଏହି ସଦ୍‌ଗୁଣର ବିଶେଷ ପ୍ରଭାବ ଅଛି। ଭଗବାନ ତାଙ୍କ ବିଭୂତି ରୂପରେ ପ୍ରକାଶ କରିଥିବା ସାତୋଟି ଗୁଣକୁ ଧାରଣ କରିଥିବା ଜଣେ ଆଦର୍ଶ ନାରୀ ସତୀସାଧ୍ୱୀ ରୂପରେ ଏତେ ଉପରକୁ ଉଠି ଯାଇପାରିବେ ଯେପରି ଲୋକେ ମନେ କରିବେ ଯେ ଜଣେ ଦେବୀ ସ୍ୱର୍ଗରୁ ପୃଥିବୀକୁ ଓହ୍ଲାଇ ଆସିଛନ୍ତି । ସେତେବେଳେ ସେ ପୃଥିବୀ ପରି କ୍ଷମାଶୀଳ, ସମୁଦ୍ର ପରି ଗମ୍ଭୀର, ଗଙ୍ଗା ମାତାଙ୍କ ପରି ପାବନୀ ଏବଂ ଦୃଷ୍ଟଙ୍କ ପାଇଁ ପ୍ରଜ୍ୱଳିତ ଅଗ୍ନି ସ୍ୱରୂପ ହୋଇଯାଇପାରେ । ସେ ସମସ୍ତଙ୍କୁ ଶୀତଳତାର ସ୍ପର୍ଶ ଦେଇପାରିବ ଓ ଆକାଶ ପରି ସମସ୍ତଙ୍କୁ ଧାରଣ କରିପାରିବ ।

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

## ଏକାଧିକ ବିବାହ କରନ୍ତି ଖାସି ସମ୍ପ୍ରଦାୟର ମହିଳା



ବିଶ୍ୱର ବିଭିନ୍ନ ଦେଶରେ ଭଳିକିଭଳି ଆଦିବାସୀ ଅଛନ୍ତି । ସେମାନଙ୍କ ସଂସ୍କୃତି ଓ ପରମ୍ପରା କୌଣସି ରହସ୍ୟଠାରୁ କିଛି କମ୍ ନୁହେଁ । ମେଘାଳୟରେ ରହୁଥିବା ଖାସି ସମ୍ପ୍ରଦାୟର ମହିଳାଙ୍କ ହାତରେ ପରିବାରର ଦାୟିତ୍ୱ ନ୍ୟସ୍ତ ହୋଇଥାଏ । ଏହି ସମ୍ପ୍ରଦାୟର ପୁରୁଷମାନେ ବିବାହ ପରେ ଶ୍ୱଶୁର ଘରେ ଯାଇ ରୁହନ୍ତି । ଏଠାରେ ପୁରୁଷମାନଙ୍କୁ ଘରର ସବୁକାମ କରିବାକୁ ହୋଇଥାଏ। ବାହାରର ସବୁ କାମ ମହିଳା କରନ୍ତି । ମେଘାଳୟରେ ଥିବା ବଜାରଗୁଡ଼ିକର ଦୋକାନରେ ମହିଳା କାମ କରନ୍ତି। ଖାସି ସମ୍ପ୍ରଦାୟରେ ଘରର ସାନ ଝିଅକୁ ସବୁଠୁ ଅଧିକ ସମ୍ପତି ମିଳିଥାଏ । ଏହି କାରଣରୁ ଘରର ସାନଝିଅ ମାତା-ପିତା, ଅବିବାହିତା ପୁଅ-ଝିଅଙ୍କର ଦେଖାଶୁଣା କରିଥାଏ। ଏହି ସମ୍ପ୍ରଦାୟର ଛୋଟ ଝିଅମାନେ ପିଲାଦିନେ ପଶୁହାଡ଼ରେ ଖେଳନ୍ତି । ଏଗୁଡ଼ିକ ସେମାନେ ଆଭୂଷଣଭାବେ ବ୍ୟବହାର କରନ୍ତି । ଖାସି ସମ୍ପ୍ରଦାୟର ପରିବାରଗୁଡ଼ିକ ମହିଳା କୈନ୍ଦ୍ରିକ ପରିବାର। ଅନେକ ଦିନ ପୂର୍ବରୁ ଏହି ସମ୍ପ୍ରଦାୟର ପୁରୁଷମାନେ ଯୁଦ୍ଧକୁ ପଳାଇ ଯାଇଥିଲେ ଓ ମହିଳାଙ୍କୁ ଛାଡ଼ି ଦେଇ ଯାଇଥିଲେ । ଏଥିଯୋଗୁଁ ପୁଅଝିଅମାନଙ୍କୁ ଘରର ମହିଳାମାନେ ସେମାନଙ୍କ ଉପନାମ ଦେଉଥିଲେ । ସେହିଭଳି ଖାସି ମହିଳାଙ୍କର ଅନେକ ଜୀବନସାଥୀ ଥାଏ । ତେଣୁ ପିଲାମାନଙ୍କୁ ମହିଳାମାନେ ସେମାନଙ୍କର ଉପନାମ ଦେଉଥିଲେ । ଏହି ସମ୍ପ୍ରଦାୟରେ କନ୍ୟା ସନ୍ତାନ ଜନ୍ମନେଲେ ମହିଳାମାନେ ଖୁସି ମନାନ୍ତି ।

## ଖାଦ୍ୟରେ ଟଏଲେଟ୍ ବ୍ରସ୍

ବ୍ରିଟେନ୍‌ରେ ରହୁଥିବା ଦୁଇବର୍ଷର ଲିଲି ନାମକ ଏକ ଛୋଟ ଝିଅ । ଯିଏ ଏକ ଭିନ୍ନ ଅଭ୍ୟାସରେ ପଡିଯାଇଛି । ତାକୁ ସାମାନ୍ୟ ଦ୍ରବ୍ୟ ଖାଇବାର ରୁଚି ବହୁତ କମ୍ ଥାଏ। ଡାକ୍ତରଙ୍କ ମତ ଅନୁସାରେ ଲିଲି ପିକା ନାମକ ଏକ ରୋଗରେ ପୀଡିତ । ଏହି ରୋଗ କାରଣରୁ ଲିଲିକୁ ଟଏଲେଟ୍ ସଫା କରାଯାଉଥିବା ବ୍ରସ୍ ଏବଂ କପଡା ଖାଇବାର ଅଭ୍ୟାସ ରହିଛି । ଡାକ୍ତର ମଧ ଲିଲିର ଏପରି ବ୍ୟବହାରରେ ଆଶ୍ଚର୍ଯ୍ୟ ହୋଇଯାଇଛନ୍ତି । କେତେବେଳେ ଲିଲି କାହାର ନଜର ଆଢୁଆଳରୁ ଖସିଯିବାରେ ସଫଳ ହୋଇଛି । ଏହାପରେ ସେ ସିଧା ବାଥ୍‌ରୁମ୍ ଭିତରେ ପସିଯାଏ ଏବଂ ସେଠାରେ ରଖାଯାଇଥିବା କପଡା ଏବଂ ଟଏଲେଟ୍ ବ୍ରସ୍‌କୁ ଖାଇବା ଆରମ୍ଭ କରିଦେଇଥାଏ ।

## ଓଲଟା ଚାଲିବାର ଅଭ୍ୟାସ



ଦୁନିଆରେ ଭିନ୍ନ ଭିନ୍ନ କାହାଣୀ ବହନ କରୁଥିବା ଲୋକ ବାସବାସ କରନ୍ତି। ଏବେ ଦେଖନ୍ତୁ ତାମିଲ୍‌ନାଡୁର ତ୍ରିପୁରାରେ ରହୁଥିବା ମଣିମଣିଥନ୍ ଯିଏ ଓଲଟା ଚାଲିଥାନ୍ତି। ୧୯୮୯ରେ ଦେଶଯାକରେ ସୃଷ୍ଟି ହୋଇଥିବା ଆତଙ୍କ ଘଟଣାରେ ଆହତ ହୋଇଥିଲେ ତ୍ରିପୁରାର ମଣିମଣିଥନ୍। ବିଶ୍ୱଶାନ୍ତି ପ୍ରତିଷ୍ଠା ପାଇଁ ଓଲଟା ଚାଲିବା ତାଙ୍କର ଏକ ଅଭିନବ ପ୍ରୟାସ ବୋଲି ମଣି କହନ୍ତି। ଦୀର୍ଘ ୨୬ବର୍ଷ କାଳ ଏଭଳି ଅଜବ୍ ଢ଼ଙ୍ଗରେ ଚାଲିବା ଅଭ୍ୟାସ ଜାରି ରଖିଛନ୍ତି। ତେବେ ଚାଲିବା ସମୟରେ ତାଙ୍କୁ ସଡକ ପାର କରିବାକୁ ପଡୁ କି ସିଡି ଚଢିବାକୁ ହେଉ ସେ ସଦାସର୍ବଦା ଓଲଟା ହିଁ ଚାଲିଥାନ୍ତି। ଫଳରେ ସିଧା ଚାଲିବା ସେ ସମ୍ପୂର୍ଣ୍ଣ ରୂପେ ଭୁଲି ଗଲେଣି ଏବଂ ଓଲଟା ଚାଲିବା ନିତିଦିନିଆ ଅଭ୍ୟାସରେ ପରିଣତ ହୋଇଗଲାଣି।

## ଆଜିର ଭାଗ୍ୟ

**ମେଷ** — ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** — ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** — ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** — ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** — ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ଦାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** — ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** — ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** — ଚତୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କାର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** — ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** — କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** — ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** — ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# ମହାପ୍ରଭୁଙ୍କୁ ପଦେ : ରଥରେ ଠାକୁରଙ୍କୁ ଦର୍ଶନ କରିବୁ ନା ସେବାୟତଙ୍କୁ ଦର୍ଶନ କରିବୁ

ଭୁବନେଶ୍ୱର,(ପି.ଏନ): ମହାପ୍ରଭୁ ଶ୍ରୀଜଗନ୍ନାଥ ଜଗତଜନଙ୍କୁ ଦର୍ଶନ ଦେବାପାଇଁ ରତ୍ନବେଦୀ ଛାଡ଼ି ରଥରେ ଜନ୍ମବେଦୀକୁ ଯାତ୍ରା କରିବା ବେଳେ ସର୍ବସାଧାରଣଙ୍କୁ ଦର୍ଶନ ଦେବାପାଇଁ ବାହାରକୁ ଆସିଥାଆନ୍ତି । ମହାପ୍ରଭୁଙ୍କୁ ରଥରେ ଦର୍ଶନ କରିବା ପାଇଁ ବିଶ୍ୱର କୋଣ ଅନୁକୋଣରୁ ଭକ୍ତମାନେ ବ୍ୟାକୁଳ ହୋଇ ଆସିଥାଆନ୍ତି । ଚର୍ମଚକ୍ଷୁରେ ମହାପ୍ରଭୁଙ୍କୁ ଦର୍ଶନ କରି କୃତାର୍ଥ ମଣିବା ପାଇଁ ଭକ୍ତମାନେ ବହୁ ଆଶା ନେଇ ପୁରୀ ବଡ଼ଦାଣ୍ଡକୁ ଖରା, ବର୍ଷାକୁ ଖାତିର ନ କରି ଆସିଥାଆନ୍ତି । ମାତ୍ର ରଥରେ ସେମାନେ ମହାପ୍ରଭୁଙ୍କୁ ଦର୍ଶନ କରିବାର ସୁଯୋଗ ପାଉନାହାଁନ୍ତି । କିଛି ସେବାୟତ ଭଲ ମଠା ଯୋଡ଼ ପିନ୍ଧି ସୁନା ଗହଣା ଲଗାଇ ମହାପ୍ରଭୁଙ୍କ ଆଗରେ ବାଡ଼ ହୋଇ ଠିଆହେବା ସଂଗେସଂଗେ ନିଜକୁ ପ୍ରଦର୍ଶିତ କରୁଛନ୍ତି । ଯାହାଫଳରେ ଭକ୍ତମାନେ ମହାପ୍ରଭୁଙ୍କୁ ଦର୍ଶନ ନ କରି ସେବାୟତଙ୍କୁ ଦର୍ଶନ କରୁଛନ୍ତି ଯାହା ଅତ୍ୟନ୍ତ ଲଜ୍ଜାଜନକ । ଏହାର ପ୍ରତିକାର ପାଇଁ ନା ପ୍ରଶାସନ, ନା ସେବାୟତ ମଣ୍ଡଳୀ, କାହାରି ଦୃଷ୍ଟି ନାହିଁ । ୨୮ ତାରିଖରେ ମହାପ୍ରଭୁଙ୍କର ବାହୁଡ଼ା ବିଜେ, ୨୯ ତାରିଖରେ ସୁନାବେଶ ଓ ୩୦ ତାରିଖରେ ନିଳାଦ୍ରୀବିଜେ ସମୟରେ ଲକ୍ଷଲକ୍ଷ ଭକ୍ତ ଧାଡ଼ିରେ ଆସି ମହାପ୍ରଭୁଙ୍କୁ ଦର୍ଶନ କରିବାକୁ ପୁରୀ ଆଗମନ କରିବେ । ଯଦି ସେବାୟତମାନେ ପୂର୍ବଭଳି ମହାପ୍ରଭୁଙ୍କ ଆଗରେ ଠିଆ ହୋଇ ତାଙ୍କୁ ଆଢୁଆଳ କରିବେ, ତେବେ ଭକ୍ତମାନେ କେବଳ ସୁନା ଗହଣା ପିନ୍ଧା ସେବାୟତଙ୍କୁ ଦର୍ଶନ କରି ବ୍ୟର୍ଥ ମନୋରଥରେ ଘରକୁ ଫେରିବେ । ଏଥିପାଇଁ ପ୍ରଶାସନ ଗୁରୁତର ସହିତ ବିଚାର କରି ପ୍ରତ୍ୟେକ ଭକ୍ତ ଯେପରି ମହାପ୍ରଭୁଙ୍କୁ ଦର୍ଶନ କରିପାରିବେ ଓ ସେବାୟତମାନେ ମଧ ମହାପ୍ରଭୁଙ୍କ ଦର୍ଶନ ପାଇଁ ସୁଯୋଗ ଦେବେ ସେଥିପାଇଁ ଦୃଷ୍ଟିଦେବାକୁ ଜଣେ ସାଧାରଣ ଭକ୍ତ ଭାବରେ ସମସ୍ତଙ୍କୁ ନିବେଦନ କରି ଓଡ଼ିଶାବାସୀଙ୍କ ଧର୍ମଭାବନାକୁ ସମ୍ମାନ ଦେବାକୁ ମୁଖ୍ୟମନ୍ତ୍ରୀ, ଆଇନମନ୍ତ୍ରୀ, ମୁଖ୍ୟ ଶାସନ ସଚିବ, ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ, ଜିଲ୍ଲା ପ୍ରଶାସନ ଓ ସର୍ବୋପରି ସମସ୍ତ ସେବାୟତମାନଙ୍କୁ ବିନୀତ ଅନୁରୋଧ କରୁଅଛି ।

## ଇକୋରୋ ପକ୍ଷରୁ ପରିବେଶ ସମ୍ବନ୍ଧରେ ସଚେତନତା କାର୍ଯ୍ୟକ୍ରମ

ଭୁବନେଶ୍ୱର,(ପି.ଏନ): ପୂର୍ବ ତଟ ରେଳପଥ ମହିଳା କଲ୍ୟାଣ ସଂଗଠନ (ଇକୋରୋ) ର ସଦସ୍ୟାମାନେ ସଂଗଠନର ସଭାପତି ଶ୍ରୀମତୀ ଦିବ୍ୟା ଶର୍ମାଙ୍କ ନେତୃତ୍ୱରେ ଛୋଟ ପିଲାମାନଙ୍କୁ ପରିବେଶ ସମ୍ବନ୍ଧରେ ସଚେତନ କରାଇବା ପାଇଁ ଏକ କାର୍ଯ୍ୟକ୍ରମର ଆୟୋଜନ କରାଯାଇଥିଲା । ଏହି ଅବସରରେ ଶ୍ରୀମତୀ ଶର୍ମା ରେଳ ବିହାର ଠାରେ ଚାରା ରୋପଣ କରିବା ସହିତ ପିଲାମାନଙ୍କୁ ପରିବେଶ ସୁରକ୍ଷା ପାଇଁ ନିଜେ ଯତ୍ନଶୀଳ ହେବା ସହ ସେମାନଙ୍କ ପିତାମାତାଙ୍କୁ ପରିବେଶ ସଚେତନତା କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିବାକୁ ପ୍ରୋତ୍ସାହିତ କରିଛନ୍ତି । ଇକୋରୋ ଦ୍ୱାରା ପରିଚାଳିତ ଫୁଲୱାରି ବିଦ୍ୟାଳୟର ପିଲାମାନେ ବୃକ୍ଷରୋପଣ କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିଲେ । ପରିବେଶକୁ ସୁରକ୍ଷିତ ରଖିବା ପାଇଁ ସୁତା ବ୍ୟାଗ ସହିତ ଔଷଧୀୟ ଉଦ୍ଭିଦ ମଧ ଶ୍ରୀମତୀ ଶର୍ମା ପିଲାମାନଙ୍କୁ ବଂଟନ କରିଥିଲେ । ଏହା ବ୍ୟତୀତ, ଶ୍ରୀମତୀ ଶର୍ମା ମହିଳା ମାନଙ୍କ ସ୍ୱାସ୍ଥ୍ୟ ଏବଂ ସ୍ୱଚ୍ଛତା ପଦକ୍ଷେପ "ଦସ୍ତକ" ର ଏକ ଅଂଶ ଭାବରେ ଚୁକ୍ତିଭିତ୍ତିକ ମହିଳା ଶ୍ରମିକମାନଙ୍କୁ ସାନିଟାରୀ ନାପକିନ୍ ବଂଟନ କରିଥିଲେ ।

# ବିଜେଡି ମୁଖପାତ୍ରଙ୍କର ଭୁବନେଶ୍ୱର ବିଷୟରେ କୌଣସି ଧାରଣା ନାହିଁ : ବିଜେପି

ଭୁବନେଶ୍ୱର,(ପି.ଏନ): ବିଜେଡିର ମୁଖପାତ୍ରଙ୍କର ଭୁବନେଶ୍ୱର ବିଷୟରେ କୌଣସି ଧାରଣା ନାହିଁ । କିଛି ତଥ୍ୟ ନଜାଣି ବିଜେଡିର ମୁଖପାତ୍ରମାନେ ଭୁବନେଶ୍ୱର ସାଂସଦଙ୍କ ଉପରେ ମନ୍ତବ୍ୟ ରଖିବା ଅତ୍ୟନ୍ତ ହାସ୍ୟାସ୍ପଦ । ବର୍ତ୍ତମାନ ସାଂସଦ ଅପରାଜିତା ଷଡଙ୍ଗୀ ଆନ୍ତର୍ଜାତୀୟ ସଂସଦୀୟ ସଂଘ (ଆଇପିୟୁ)ରେ ଯୋଗ ଦେବା ପାଇଁ ୭ଦିନିଆ ବିଦେଶ ଗସ୍ତରେ ଥିବାବେଳେ ଶାସକ ଦଳର ମୁଖପାତ୍ର ଗୁଜବ ସୃଷ୍ଟି କରିବା ନିନ୍ଦନୀ ବୋଲି ଶାସକ ଦଳର ମୁଖପାତ୍ରଙ୍କ ପ୍ରଶ୍ନର ଜବାବ୍ ରଖି ଜିଲ୍ଲା ସଭାପତି ବାବୁ ସିଂ କହିଛନ୍ତି ।ଶାସକ ମୁଖପାତ୍ରଙ୍କ ୫ଟି ପ୍ରଶ୍ନର ଉତରେ ଶ୍ରୀ ସିଂ କହିଛନ୍ତି ଯେ, ଭୁବନେଶ୍ୱରରେ କେବଳ ଇସ୍କନ ମନ୍ଦିରଠାରେ ଜଳ ସମସ୍ୟା ହୁଏ ନାହିଁ ଏହା ସମ୍ପୂର୍ଣ୍ଣ ଭୁବନେଶ୍ୱରରେ ହୁଏ । ଏନେଇ ଶ୍ରୀମତୀ ଷଡଙ୍ଗୀ ପାର୍ଲାମେଂଟାରୀ ଷ୍ଟାଣ୍ଡିଂ କମିଟି (ଅରବାନ)ରେ ଉପସ୍ଥାପନା କରିବା ସହ ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଛନ୍ତି । ଭୁବନେଶ୍ୱରରେ ୧୪ଟି ଡ୍ରେନ ଗଙ୍ଗୁଆ ନଦୀ ସହ ସଂଯୋଗର ମାଷ୍ଟର ପ୍ଲାନ ହେବା ଆବଶ୍ୟକ । ରାଜ୍ୟ ସରକାର ଏଥିପାଇଁ କେବେ ପ୍ଲାନ ଦେବେ ଏବଂ କେତେ କେତେ ଫଣ୍ଡ କରିଛନ୍ତି ଉତର ଦିଅନ୍ତୁ ।ସେହିପରି ଖୋର୍ଦ୍ଧାରୁ ଭୁବନେଶ୍ୱର ରାସ୍ତା କାମ ସମ୍ପୂର୍ଣ୍ଣ ହୋଇଛି । ଜନସାଧାରଣଙ୍କ ଆବଶ୍ୟକତା ଏବଂ ଆଗ୍ରହ ନେଇ ବିଭିନ୍ନ ଅତିରିକ୍ତ କାମ ହେଉଛି, ଯାହାଦ୍ୱାରା ଜନସାଧାରଣ ଉପକୃତ ହେଉଛନ୍ତି । ମୋଟ ୩୦ ଗୋଟି ଅଣ୍ଡରପାସ୍, ୯ଟି ଫ୍ଲାଏଓଭର, ୪ଟି ବ୍ରିଜ୍ ନିର୍ମାଣ ହୋଇଛି । ରାଜଧାନୀରେ ଟ୍ରାଫିକ ସମସ୍ୟା ଦୂରୀକରଣ ପାଇଁ ରାମେଶ୍ୱରଠାରୁ ଟାଙ୍ଗି ପର୍ଯ୍ୟନ୍ତ ୧୦୧କିମି ସିଆରଆରଆର କ୍ୟାପିଟାଲ ରିଜିନ୍ ରିଙ୍ଗିଗ୍ ରାସ୍ତା ନିର୍ମାଣ ହେବାକୁ ଯାଉଛି । ଏହା ଏକ ବୃହତ ପ୍ରକଳ୍ପ ଯାହା ୫୭୦୦କୋଟିରୁ ଉର୍ଦ୍ଧ୍ୱ ଟଙ୍କା ବିନିଯୋଗରେ ପ୍ରସ୍ତୁତ ହେଉଛି । ଏଥିପାଇଁ ଜମି ଅଧିଗ୍ରହଣ ପ୍ରକ୍ରିୟା ଆରମ୍ଭ ହୋଇସାରିଲାଣି । ଓଡିଶାରେ ନେଟୱାର୍କ ସମସ୍ୟା ପାଇଁ ରାଜ୍ୟ ସରକାର କେବେ କେନ୍ଦ୍ର ସରକାରଙ୍କୁ ଜଣାଇଛନ୍ତି କି ? ବ୍ୟାଙ୍କି ସେକ୍ଟରରେ ଭୁବନେଶ୍ୱର ସଂସଦୀୟ କ୍ଷେତ୍ରରେ ବିଶେଷ କୌଣସି ସମସ୍ୟା ନାହିଁ । ଶ୍ରୀମତୀ ଷଡଙ୍ଗୀ ବହୁସଂଖ୍ୟାରେ ବ୍ୟାଙ୍କ ଉଦଘାଟନ କରିଛନ୍ତି । ଶ୍ରୀମନ୍ଦିର ପରିକ୍ରମା ପ୍ରକଳ୍ପରେ ଶ୍ରୀମତୀ ଷଡଙ୍ଗୀ କହିଥିବା ତଥ୍ୟ ସତ୍ୟ ଏବଂ ଏହି ସମ୍ବନ୍ଧରେ ମନ୍ଦିର ସୁରକ୍ଷା ଆମର ପ୍ରାଥମିକତା ଥିଲା । ସାଂସଦଙ୍କ ପ୍ରୟାସ ପରେ ହିଁ ସରକାର ଏଏମଏସଏଆର ଆକ୍ଟ ୧୯୫୮ଅନୁଯାୟୀ ନିର୍ମାଣ କାର୍ଯ୍ୟ ୧୦୦ମିଟର ବାହାରକୁ ନେଇଛନ୍ତି ଏବଂ ଏନଏମଏ ନୂତନ ଭାବେ ପ୍ରସ୍ତୁତ ହୋଇଥିବା ପ୍ଲାନ ଅନୁମୋଦନ ପରେ ନିର୍ମାଣ କରୁଛନ୍ତି । ସାଂସଦଙ୍କ ପ୍ରୟାସରେ ହିଁ ସମସ୍ୟା ଦୂରୀକରଣ ହୋଇ ମନ୍ଦିର ସୁରକ୍ଷାକୁ ପ୍ରାଥମିକତା ନେଇ ନିର୍ମାଣ ପ୍ରକ୍ରିୟା ହେଉଛି । ମିଥ୍ୟା ଆରୋପ ଅଭିଯୋଗ କରି ଲୋକଙ୍କୁ ଭୂଆଁ ବୁଲାଇବା ଗଣତନ୍ତ୍ରରେ ସମିଚୀନ ନୁହେଁ । ଶାସକ ଦଳ ଏଥିରୁ ନିବୃତ ରହିବାକୁ ଶ୍ରୀ ସିଂ କହିଛନ୍ତି ।

# ଓଡ଼ିଶା କ୍ୟାଡର ଆଇଏଏସ୍‌ଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ପାଇଁ ମୁଖ୍ୟ ଶାସନ ସଚିବଙ୍କୁ ନିର୍ଦ୍ଦେଶ

ଭୁବନେଶ୍ୱର,(ପି.ଏନ): ଓଡ଼ିଶା କ୍ୟାଡରର ଜଣେ ଆଇଏଏସ୍ ଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ପାଇଁ କେନ୍ଦ୍ରରୁ ଆସିଛି ନିର୍ଦ୍ଦେଶ । ସମ୍ପୃକ୍ତ ସଚିବଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ରାଜ୍ୟ ମୁଖ୍ୟ ଶାସନ ସଚିବଙ୍କୁ କେନ୍ଦ୍ର କାର୍ମିକ ଓ ପ୍ରଶିକ୍ଷଣ ବିଭାଗ ଅନୁ ସଚିବ ଚିଠି ଲେଖି ନିର୍ଦ୍ଦେଶ ଦେଇଛନ୍ତି । ଭୁବନେଶ୍ୱର ସାଂସଦ ଅପରାଜିତା ଷଡ଼ଙ୍ଗୀ ଓ ବିଜେପିର ଓଡ଼ିଶା ସଭାପତି ମନମୋହନ ସାମଲଙ୍କ ଦ୍ୱାରା ଗତ ୨୪ ତାରିଖ ଦିନ ଅଭିଯୋଗ ଆଧାରରେ କେନ୍ଦ୍ରୀୟ ସଚିବ ଏହି ଚିଠି ରାଜ୍ୟ ମୁଖ୍ୟ ଶାସନ ସଚିବ ପ୍ରଦୀପ ଜେନାଙ୍କୁ ଲେଖିଛନ୍ତି । ଜଣେ ଆଇଏଏସ ଅଧିକାରୀଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ପାଇଁ ଏଥିରେ ଉଲ୍ଲେଖ ରହିଛି । ଆଇଏଏସଙ୍କ ବିରୋଧରେ ପ୍ରମାଣ ସହ ଅଭିଯୋଗ ହୋଇଥିଲା ବୋଲି ଉଲ୍ଲେଖ କରାଯାଇଛି ।କେନ୍ଦ୍ରର ଚିଠିକୁ ସାଂସଦ ଅପରାଜିତା ଷଡ଼ଙ୍ଗୀ ମଙ୍ଗଳବାର ନିଜ ଟ୍ୱିଟ୍ ମାଧ୍ୟମରେ ସାର୍ବଜନୀନ କରିଛନ୍ତି । ଏଥିରେ ସେ କହିଛନ୍ତି ଯେ, ଓଡ଼ିଶା କ୍ୟାଡ଼ରର ଜଣେ ଅଫିସରଙ୍କ ଦ୍ୱାରା ଅଲଇଣ୍ଡିଆ ସର୍ଭିସ ରୁଲସର ଖୋଲା ଉଲ୍ଲଘଂନକୁ ଭାରତ ସରକାର ଗୁରୁତ୍ୱର ସହ ନେଇଛନ୍ତି ।

# ବିଧାନସଭା ପକ୍ଷରୁ ଓଡ଼ିଶା ନ୍ୟାୟିକ ସେବାର ଶିକ୍ଷାନବିସମାନଙ୍କ ପାଇଁ ଦିଗ୍‌ଦର୍ଶନ କାର୍ଯ୍ୟକ୍ରମ

ଭୁବନେଶ୍ୱର,(ପି.ଏନ): ଓଡ଼ିଶା ବିଧାନସଭା ପକ୍ଷରୁ ମଙ୍ଗଳବାର କାର୍ଯ୍ୟକାରୀ ବାଚସ୍ପତି ରଜନୀକାନ୍ତ ସିଂହଙ୍କ ଅଧକ୍ଷତାରେ ଓଡ଼ିଶା ନ୍ୟାୟିକ ସେବାର ଶିକ୍ଷାନବିସମାନଙ୍କ ପାଇଁ ଏକ ଦିଗ୍‌ଦର୍ଶନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ଓଡ଼ିଶା ନ୍ୟାୟିକ ସେବାର ୫୧ ଜଣ ଶିକ୍ଷାନବିସ ଯୋଗ ଦେଇଛନ୍ତି । ପୂର୍ବାହ୍ନରେ ବିଧାନସଭା ସମ୍ମିଳନୀ କକ୍ଷରେ ମାନ୍ୟବର କାର୍ଯ୍ୟକାରୀ ବାଚସ୍ପତି ଶ୍ରୀ ସିଂହ ଏହି କାର୍ଯ୍ୟକ୍ରମକୁ ପ୍ରଦୀପ ପ୍ରଜ୍ଜ୍ୱଳନପୂର୍ବକ ଉଦ୍‌ଘାଟନ କରିବା ସହ ଶିକ୍ଷାନବିସମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ । ଶିକ୍ଷାନବିସମାନଙ୍କୁ ଓଡ଼ିଶା ବିଧାନସଭାର ଇତିହାସ ଓ ବିଭିନ୍ନ କାର୍ଯ୍ୟାବଳୀ ସମ୍ବନ୍ଧରେ ସେ ବିଶଦ ସୂଚନା ଦେଇଥିଲେ । ବିଧାନସଭା ସଚିବ ଦାଶରଥୀ ଶତପଥୀ ସ୍ୱାଗତ ଭାଷଣ ପ୍ରଦାନ ଅବସରରେ କହିଲେ ଯେ ଜ୍ଞାନ ଆହରଣ ଏକ ନିରନ୍ତର ପ୍ରକ୍ରିୟା । ନିଜର ଜ୍ଞାନରେ ସନ୍ତୁଷ୍ଟ ନହୋଇ ଅଧିକ ଜାଣିବାର ଆଗ୍ରହ ସବୁବେଳେ ବଳବତର ରହିବା ଆବଶ୍ୟକ । ଗଣତନ୍ତ୍ରର ତିନୋଟି ସ୍ତମ୍ଭ କାର୍ଯ୍ୟପାଳିକା, ବ୍ୟବସ୍ଥାପକ ଏବଂ ନ୍ୟାୟପାଳିକାର ବିଭିନ୍ନ ବିଶେଷତ୍ୱ ସମ୍ବନ୍ଧରେ ବର୍ଣ୍ଣନା କରିବା ସହ ସେ ବିଧାୟକମାନଙ୍କ ଭୂମିକା ଏବଂ ଆହ୍ୱାନର ବିଭିନ୍ନ ଦିଗ ଉପରେ ଆଲୋକପାତ କରିଥିଲେ । ଅନ୍ୟତମ ଅତିଥି ଭାବେ ଯୋଗଦେଇ ଆଇନ ବିଭାଗର ପ୍ରମୁଖ ଶାସନ ସଚିବ ଧନେଶ୍ୱର ମଲ୍ଲିକ କହିଲେ ଯେ ବିଧାନସଭାର ବିଭିନ୍ନ କାର୍ଯ୍ୟକ୍ରମ କିପରି ସମାପନ ହୁଏ ସେ ସମ୍ବନ୍ଧରେ ଜାଣିବା ପାଇଁ ଆପଣମାନଙ୍କୁ ଏକ ସୁଯୋଗ ମିଳିଛି ଏବଂ ଏଥିରୁ ଆପଣମାନେ ବହୁତ କିଛି ଶିଖି ପାରିବେ । ସେ ମଧ ଗଣତାନ୍ତ୍ରିକ ବ୍ୟବସ୍ଥାରେ କାର୍ଯ୍ୟପାଳିକା, ବ୍ୟବସ୍ଥାପକ ଏବଂ ନ୍ୟାୟପାଳିକାର ବିଭିନ୍ନ ଦିଗ ଏବଂ ଏହାର ଦାୟିତ୍ୱ ଓ କର୍ତ୍ତବ୍ୟ ସଂପର୍କରେ ସୂଚନା ଦେଇଥିଲେ । ବିଧାନସଭାର ଯୁଗ୍ମ ନିର୍ଦ୍ଦେଶକ ଶିବପ୍ରସାଦ ପଟ୍ଟନାୟକ ଏହି କାର୍ଯ୍ୟକ୍ରମକୁ ପରିଚାଳନା କରିବା ସହ ସାଧନ ବକ୍ତା ଭାବେ ବିଧାନସଭାରେ ବିଭିନ୍ନ ବିଲ୍ କିପରି ପ୍ରସ୍ତୁତ ଓ ପାରିତ ହୋଇଥାଏ ସେ ସଂପର୍କରେ ଶିକ୍ଷାନବିସମାନଙ୍କୁ ସୂଚନା ଦେଇଥିଲେ । ଅନ୍ୟତମ ସାଧନ ବକ୍ତା ଭାବରେ ଯୋଗଦେଇ ବିଧାନସଭାର ସ୍ୱତନ୍ତ୍ର କାର୍ଯ୍ୟରତ ଅଧିକାରୀ ବିଜୟ କୁମାର ସାହୁ ବିଧାନସଭାର ଗଠନ ଏବଂ ବିଧାନସଭା ଗୃହ ମଧ୍ୟସ୍ଥ ଅନ୍ୟାନ୍ୟ କାର୍ଯ୍ୟର ପରିଚାଳନା ସଂପର୍କରେ ସୂଚନା ପ୍ରଦାନ କରିଥିଲେ ।

# ବାଲିଘାଟ ନିଲାମ ବନ୍ଦ ପାଇଁ ହାଇକୋର୍ଟରେ ମାମଲା

କୋରେଇ, (ପିଏନ)- ଯାଜପୁର ଜିଲ୍ଲା କୋରାଇ ବ୍ଲକ ମୂଳାପାଳ ପଂଚାୟତ ଅନ୍ତର୍ଗତ ରଣପାଳ ଓ ଧନତ୍ରୀ ମୌଜାର ବୈତରଣୀ ନଦୀରେ ବାଲିଘାଟ ନିଲାମ ପାଇଁ ରାଜସ୍ୱ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଥିଲା । ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ନକରିବାକୁ ଗ୍ରାମବାସୀଙ୍କ ପକ୍ଷରୁ ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ତହସିଲଦାରଙ୍କ ପର୍ଯ୍ୟନ୍ତ ସମସ୍ତଙ୍କୁ ପତ୍ର ମାଧ୍ୟମରେ ଜଣାଇ ଦିଆଯାଇଥିଲା । ପରେ ଦୁଇ ରଣପାଳ ଓ ଧନତ୍ରୀ ବାଲିଘାଟ ନିଲାମ ବନ୍ଦ କରିବା ନେଇ ଗ୍ରାମବାସୀ ହାଇକୋର୍ଟର ଦ୍ୱାରସ୍ଥ ହୋଇଥିଲେ । ଏନେଇ ଡବ୍ଲୁ. ପି. (ସି) ୨୨୭୨୫ରେ ମାମଲା ରୁଜୁ କରାଯାଇଛି । ବୈତରଣୀ ନଦୀର ଏହି ବାଲିଘାଟ ନିଲାମ ଦ୍ୱାରା ନଦୀବନ୍ଧ ପ୍ରତି ବିପଦ ସହ ବନ୍ୟାପ୍ଲାବିତ ଏହି ପଂଚାୟତର କ୍ଷିରୋ, ସରସଦା ଧନତ୍ରୀ, ଗୋବିନ୍ଦପୁର, ରଣପାଳ ସମେତ ଅନେକ ଗ୍ରାମ କ୍ଷତିଗ୍ରସ୍ତ ହେବାର ସମ୍ଭାବନା ସୃଷ୍ଟି ହୋଇଛି । ତେଣୁ ବିପଦ ଦୃଷ୍ଟିରୁ ଏହି ନିଲାମ ବନ୍ଦ କରିବାକୁ ଅଭିଯୋଗରେ ଦର୍ଶାଯାଇଛି । ଏହା ସହିତ ନଦୀ ପଠାରେ ଥିବା ବିଭିନ୍ନ ଦେବାଦେବୀ ମନ୍ଦିର କ୍ଷତିଗ୍ରସ୍ତ ହେବ ।

ଏନେଇ ରଣପାଳ ଗ୍ରାମର କିଶୋର ଚନ୍ଦ୍ର ପାଳ, କାର୍ତିକ ଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ପାଳ, ଉପେନ୍ଦ୍ର ବେହେରା, ପ୍ରତାପ ମଲ୍ଲିକ, ଦୁର୍ଗାପ୍ରସାଦ ପଣ୍ଡା ପ୍ରମୁଖ ଓଡିଶା ସରକାର ପଂଚାୟତରାଜ ପ୍ରିନିସପାଲ ସେକ୍ରେଟାରୀ, ରାଜସ୍ୱ ଓ ପ୍ରାକୃତିକ ବିପର୍ଯ୍ୟୟ ପ୍ରିନିସିପାଲ ସେକ୍ରେଟାରୀ, କଲେକ୍ଟର ଯାଜପୁର, ସବକଲେକ୍ଟର ଯାଜପୁର ଓ ତହସିଲଦାରଙ୍କୁ ପକ୍ଷଭୁକ୍ତ କରାଯାଇ ହାଇକୋର୍ଟରେ ମାମଲା ରୁଜୁ କରିଛନ୍ତି । ପରବର୍ତି ଶୁଣାଣୀ ପର୍ଯ୍ୟନ୍ତ ନିଲାମ ବନ୍ଦ କରିବାକୁ ହାଇକୋର୍ଟ ଜିଲ୍ଲାପାଳ ଯାଜପୁରଙ୍କୁ ଅବଗତ କରିଛନ୍ତି ।

# ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଙ୍କୁ ପଦୋନ୍ନତି

କଣାସ, (ପିଏନ)- ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶକଙ୍କ ପକ୍ଷରୁ ହାଇସ୍କୁଲ ଶିକ୍ଷକମାନଙ୍କର ପଦୋନ୍ନତି ସମ୍ପର୍କିତ ସରକାରୀ ତାଲିକା ପ୍ରକାଶ ପାଇଛି । କିନ୍ତୁ ଏହି ତାଲିକାର ସଠିକତା ନେଇ ବୁଦ୍ଧିଜୀବି ମହଲରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । କାରଣ ଏହି ତାଲିକାରେ କଣାସ ବ୍ଲକରୁ ଜଣେ ଶିକ୍ଷକଙ୍କ ମୃତ୍ୟୁ ହୋଇଯାଇଥିବା ବେଳେ ଅନ୍ୟ ଜଣେ ୯ ମାସ ହେଲା ଅବସର ନେଇଯାଇଥିବା ବେଳେ ସେମାନଙ୍କୁ ପଦୋଉନ୍ନତି ଦିଆଯାଇଥିବା ଜଣାପଡିଛି । ରାଜ୍ୟ ମାଧ୍ୟମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଚିଠି ନଂ- ୧୯୦୭୦ ତାରିଖ ୧୧.୦୯.୨୦୨୦ରିଖରେ ପୁରୀ ଜିଲ୍ଲାର ୯୨ ଜଣ କନିଷ୍ଠ ବର୍ଗ ଶିକ୍ଷକ ଶିକ୍ଷୟତ୍ରୀଙ୍କୁ ପଦୋନ୍ନତି ମିଳିଛି । ଉପୋଉନ୍ନତି ସାଙ୍ଗକୁ ସେମାନଙ୍କୁ ସେହି ବିଦ୍ୟାଳୟ ଅଥବା ଅନ୍ୟ ବିଦ୍ୟାଳୟରେ ପ୍ରଧାନ ଶିକ୍ଷକ ଭାବେ ନିଯୁକ୍ତି ପ୍ରଦାନ କରାଯାଇଛି । କିନ୍ତୁ, ଏହି ତାଲିକାର କ୍ରମିକ ନଂ-୫୮ରେ ଥିବା ଜମ୍ବେଶ୍ୱର ସାମନ୍ତରାୟ ଗଡସାନପୁଟ ହାଇ ସ୍କୁଲରୁ ଗତ ଜାନୁଆରି ମାସରେ ଅବସର ନେଇଯାଇଥିବା ବେଳେ ସେହି ତାଲିକାର କ୍ରମିକ ନଂ-୬୧ରେ ଥିବା କାଦୁଆଖାଟ ଏକାଡେମୀର ରମେଶ ଚନ୍ଦ୍ର ମିଶ୍ର ଗତ ବର୍ଷ ମଇ ମାସରେ ଆରପାରିକୁ ଚାଲିଗଲେଣି । ଅବସର ନେବା ୮ମାସ ଅଥବା ମୃତର ଦେଢ ବର୍ଷପରେ ସରକାରୀ ନିର୍ଦ୍ଦେଶନାମା ଅନୁଯାୟୀ ମୃତ ଏବଂ ଅବସରପ୍ରାପ୍ତ ଶିକ୍ଷକଦ୍ୱୟ କିପରି ଦାୟିତ୍ୱ ଗ୍ରହଣ କରିବେ ଏହାକୁ ହିଁ ବୁଦ୍ଧିଜୀବିମାନେ ଅପେକ୍ଷା କରିରହିଛନ୍ତି ।

# ମହିଳା ସାଥି ନିଯୁକ୍ତି ବାତିଲ୍ ନହେଲେ ଆନ୍ଦୋଳନ କରିବେ ଗାଁ ସାଥି

କେନ୍ଦ୍ରାପଡା, (ପିଏନ)- ନିଖିଳ ଓଡିଶା ଗାଁ ସାଥି ସଂଘ କେନ୍ଦ୍ରାପଡା ଶାଖା ପକ୍ଷରୁ ମହିଳା ସାଥି ନିଯୁକ୍ତି ବାତିଲ୍ ପାଇଁ ଦାବି କରାଯାଇଛି । ନିଯୁକ୍ତି ବାତିଲ୍ କରା ନଗଲେ ଚଳିତ ମାସ ୧୮ ତାରିଖରେ ଜିଲ୍ଲାପାଳ ଜିଲ୍ଲା କାର୍ଯ୍ୟାଳୟ ସମ୍ମୁଖରେ ସତ୍ୟାଗ୍ରହ କରାଯିବ ବୋଲି ଜିଲ୍ଲା କମିଟି କର୍ମକର୍ତା ମାନେ ମୁଖ୍ୟମନ୍ତ୍ରୀଙ୍କ ଉଦ୍ଦେଶ୍ୟରେ ଏକ ସ୍ମାରକ ପତ୍ର କେନ୍ଦ୍ରାପଡା ଜିଲ୍ଲାପାଳଙ୍କୁ ପ୍ରଦାନ କରିଛନ୍ତି । ସ୍ମାରକପତ୍ରର ଦାବି ମୁତାବକ ଏମ ନରେଗା କାର୍ଯ୍ୟ ପରିଚାଳନା ପାଇଁ ରାଜ୍ୟ ସରକାର ପ୍ରତ୍ୟେକ ରାଜସ୍ୱ ଗ୍ରାମରେ ଦୁଇ ଜଣ ଉଚ୍ଚ ଶିକ୍ଷିତ ଗାଁ ସାଥିଙ୍କୁ ନିଯୁକ୍ତି ଦେଇଥିଲେ । ଚୁକ୍ତି ମୁତାବକ ସେମାନଙ୍କୁ ଥଇଥାନ କରା ନଯାଉଣୁ ପୁନର୍ବାର ପ୍ରତ୍ୟେକ ଗ୍ରାମରେ ଦୁଇଜଣ ମହିଳାଙ୍କୁ ନିଯୁକ୍ତି ଦେବାପାଇଁ ବିଜ୍ଞାପନ ବାହାର କରାଯାଇଛି । ଏହାକୁ ତୁରନ୍ତ ପ୍ରତ୍ୟାହର କରିବା ପୂର୍ବରୁ ଥିବା ଗାଁ ସାଥି ମାନଙ୍କୁ ତାଲିମ୍ ପ୍ରଦାନ କରି ଖାଲିଥିବା ସରକାରୀ ଚାକିରୀରେ ନିଯୁକ୍ତି ଥିବା, ପ୍ରତ୍ୟେକ ଗ୍ରାମରେ ପ୍ରବାସୀ ଶ୍ରମିକ ଓ ବେକାର ଯୁବକ ଯୁବତୀଙ୍କୁ ୨୦୦ ଦିନର କାମ ଯୋଗାଇ ଦେବା ପ୍ରଭୃତି ୫ ଦଫା ଦାବିପତ୍ର ଅତିରିକ୍ତ ଜିଲ୍ଲାପାଳ ବସନ୍ତ କୁମାର ରାଉତଙ୍କୁ ପ୍ରଦାନ କରାଯାଇଛି । ସଂଘର ଉପଦେଷ୍ଟା ଆଇନଜୀବି ରମଣୀ ରଞ୍ଜନ ରାଉତରାୟ, ସଭାପତି ପ୍ରମିଳା ସାମଲ, କ୍ଷିରୋଦ କୁମାର ଖଟୁଆ, ନିତ୍ୟ ସୁନ୍ଦର ଜେନା, ଉପେନ୍ଦ୍ର ସାହୁ, ମୁକୁନ୍ଦ ମହାପାତ୍ର, ରବିନ୍ଦ୍ର ରାଉତ ପ୍ରମୁଖ ଦାବିପତ୍ର ପ୍ରଦାନ ବେଳେ ଉପସ୍ଥିତ ଥିଲେ ।





2023-2024



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସାଧାରଣ ଲୋକଙ୍କ ଖବରକାଗଜ

ପର୍ଯ୍ୟବେକ୍ଷକ 25

PARYABEKHYAK

पर्यवेक्षक

Bhubaneswar Thursday June 29, 2023 ଭୁବନେଶ୍ବର ଗୁରୁବାର, ଜୁନ ୨୯,୨୦୨୩ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com



# ଶ୍ରୀବାଣୀକ୍ଷେତ୍ରକୁ ବାହୁଡ଼ିଲେ ମହାପ୍ରଭୁ

ଭୁବନେଶ୍ବର, (ପି.ଏନ): ଦୀର୍ଘ ନବଦିନ ଯାତ୍ରା ସାରି ମହାପ୍ରଭୁ ଜଗନ୍ନାଥ, ବଳଭଦ୍ର ଓ ମାଆ ସୁଭଦ୍ରା ଆଜି ବାହୁଡ଼ାରେ ଶ୍ରୀବାଣୀକ୍ଷେତ୍ରକୁ ବାହୁଡ଼ିଛନ୍ତି। ମହାପ୍ରଭୁଙ୍କ ବାହୁଡ଼ା ଯାତ୍ରା ଆଡ଼ମ୍ବରପୂର୍ଣ୍ଣ ଭାବେ ଶେଷ ହୋଇଛି। ପୂର୍ବାହ୍ନରେ ମଙ୍ଗଳ ଆରତୀ, ମଇଲମ, ତଡ଼ପଲାଗି, ରୋଷ ହୋମ, ଅବକାଶ, ସୂର୍ଯ୍ୟପୂଜା, ରଥପୂଜା ଓ ପହଣ୍ଡି ଆଦି ନୀତିକାନ୍ତି ସଂପନ୍ନ ହେବା ପରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତଙ୍କ ଦ୍ବାରା ଅପରାହ୍ନ ୩ଟାରେ ଛେରାପହଁରା କାର୍ଯ୍ୟ ସଂପାଦିତ ହୋଇଥିଲା। ଅପରାହ୍ନ ୪ଟାରେ ଭକ୍ତମାନେ ମହାପ୍ରଭୁ ବଳଭଦ୍ର, ମାଆ ସୁଭଦ୍ରା ଓ ଜଗନ୍ନାଥଙ୍କ ରଥକୁ ଟାଣିଥିଲେ। ଶ୍ରୀବାଣୀକ୍ଷେତ୍ରର ରଥଯାତ୍ରାର ଏକ ବିଶେଷତ୍ବ ହେଉଛି ଏଠାରେ ମାଆ ସୁଭଦ୍ରାଙ୍କ ରଥକୁ ମହିଳାମାନେ ଟାଣିଥାନ୍ତି। ତିନି ରଥଙ୍କୁ ଗୁଣ୍ଡିଚା ମନ୍ଦିରରୁ ଶ୍ରୀବାଣୀକ୍ଷେତ୍ର ପର୍ଯ୍ୟନ୍ତ ଟଣାଯାଇଥିଲା। ବାହୁଡ଼ା ଯାତ୍ରା ଦେଖିବା



ଲାଗି ସ୍ଥାନୀୟ ଅଞ୍ଚଳରୁ ପ୍ରାୟ ୩୦ହଜାରରୁ ଊର୍ଦ୍ଧ୍ବ ଭକ୍ତ ସମାଗମ ହୋଇ ସୁସଜ୍ଜିତ ନନ୍ଦିଘୋଷ, ତାଳଧ୍ବଜ ଓ ଦେବଦଳନ ରଥକୁ ଟାଣିବା ସହ ଦୈବୀକୃପା ଲାଭ କରିଥିଲେ। ଘଣ୍ଟଘଣ୍ଟା, ମର୍ଦ୍ଦଳ ଧ୍ବନୀ ଓ ହୁଳହୁଳିରେ ରଥଦାଣ୍ଡ କମ୍ପିଥିଲା। ଆସନ୍ତା କାଲି ଶ୍ରୀଜୀଉମାନଙ୍କ ସୁନାବେଶ ଅନୁଷ୍ଠିତ ହେବ। ଭକ୍ତମାନେ ଯେପରି ସୁଚାରୁ ରୂପେ ମହାପ୍ରଭୁଙ୍କ ସୁନାବେଶ ଦର୍ଶନ କରିପାରିବେ ସେଥିପାଇଁ କିଟ୍ ମନ୍ଦିର ଟ୍ରଷ୍ଟ ପକ୍ଷରୁ ବ୍ୟାପକ ବନ୍ଦୋବସ୍ତ କରାଯାଇଛି।

## ପାରାଦୀପରେ ଶାନ୍ତିଶୃଙ୍ଖଳା ସହ ବାହୁଡା ଯାତ୍ରା

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦରରେ ନଅ ଦିନ ଧରି ଚାଲୁଥିବା ରଥଯାତ୍ରା ବୁଧବାର ଦିନ ଶାନ୍ତିଶୃଙ୍ଖଳା ସହ ବାହୁଡା ଯାତ୍ରା ଶେଷ ହୋଇଯାଇଛି। ଏହି ରଥଯାତ୍ରା ଗତ ୨୦ ତାରିଖରୁ ଆରମ୍ଭ ହେବା ଦିନରୁ ତିନି ଠାକୁରଙ୍କ ଦର୍ଶନ ପାଇଁ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଭକ୍ତମାନଙ୍କର ଭିଡ ଲାଗି ରହିଥିବାର ଦେଖିବାକୁ ମିଳିଥିଲା। ଏହି ରଥଯାତ୍ରା ପାଇଁ ବନ୍ଦର ପ୍ରଶାସନ, ପୌର ପ୍ରଶାସନ ଏବଂ ପୋଲିସ ପ୍ରଶାସନ ତଦାରଖ କରିବା ସହିତ ଭକ୍ତ ମାନଙ୍କ ସୁରକ୍ଷା ପାଇଁ ସଜାଗ ରହିଥିଲେ। ସେହିପରି ପାରାଦୀପ ରିଫାଇନାରୀ ଟାଉନସିପରେ ମଧ୍ୟ ବାହୁଡା ଯାତ୍ରା ସମୟରେ ଆନନ୍ଦ ଏବଂ ଭକ୍ତିରେ ପରିପୂର୍ଣ୍ଣ ହୋଇ ଯାଇଥିଲା। ମନ୍ଦିରକୁ ଜଗନ୍ନାଥ, ବଳଭଦ୍ର ଏବଂ ସୁଭଦ୍ରାଙ୍କ ଫେରିବା ସହିତ ଏହି ଉତ୍ସବ ସମାପ୍ତ ହୋଇଥିଲା।

# କୋଣାର୍କରେ ବାହୁଡ଼ା ଯାତ୍ରା ସମ୍ପନ୍ନ

କୋଣାର୍କ,(ପି.ଏନ): କୋଣାର୍କରେ ପବିତ୍ର ବାହୁଡ଼ା ଯାତ୍ରା ବିପୁଳ ଆନନ୍ଦ ଉଲ୍ଲାସ ମଧ୍ୟରେ ଶାନ୍ତିଶୃଙ୍ଖଳାର ସହିତ ସମ୍ପନ୍ନ ହୋଇଛି। ଦିର୍ଘ ୯ ଦିନ ଧରି ମାଉସୀମାର ହାତପରସା ଖାଇବା ପରେ ବୁଧବାର ପବିତ୍ର ଆଷାଢ଼ ଶୁକ୍ଳ ଏକାଦଶୀ ତିଥିରେ ଜନ୍ମବେଦିରେ ଲୀଳାଖେଳା ଶେଷ କରି ଫେରିଛନ୍ତି କୋଟିବ୍ରହ୍ମାଣ୍ଡର ନାୟକ ମହାପ୍ରଭୁ ଶ୍ରୀ ଜଗନ୍ନାଥ ନିଜ ମନ୍ଦିରକୁ। ରାଉଳପାଟଣାସ୍ଥିତ ଶ୍ରୀ ଗୁଣ୍ଡିଚା ମନ୍ଦିରରୁ ଶ୍ରୀଜିଉମାନଙ୍କୁ ପାରମ୍ପାରିକ ରୀତି ନୀତିରେ ପୂଜା ଅର୍ଚ୍ଚନା କରାଯିବା ପରେ ଧାଡି ପହଣ୍ଡିରେ ଅଣାଯାଇ ରଥାରୁଢ଼ କରାଯାଇ ଥିଲା। ଏହାପରେ ସମାଜସେବୀ ଗୋପାଳ ଦାଶ ଛେରାପହଁରା କରିଥିଲେ। ସମସ୍ତ ରୀତି ନୀତି ଓ ବିଧିବିଦ୍ଧାନ ସମାପନ ପରେ ଅପରାହ୍ନ ୪ଟାରେ ରଥଟଣା ଆରମ୍ଭ



ହୋଇଥିଲା। ଅର୍କକ୍ଷେତ୍ରରେ ଖରା ଓ ମେଘୁଆ ପାଗର ଲୁଚକାଳି ଖେଳ ମଧ୍ୟରେ ଅସହ୍ୟ ଗୁଳୁଗୁଳି ଶ୍ରଦ୍ଧାଳୁମାନଙ୍କୁ ବ୍ୟଥିତ କରିଥିବା ବେଳେ ପ୍ରଭୁ ଶ୍ରୀଜଗନ୍ନାଥ, ବଳଭଦ୍ର ଓ ଭଉଣୀ ସୁଭଦ୍ରଙ୍କ ରଥକୁ ଶ୍ରଦ୍ଧାଳୁମାନେ ଘଂଟ୍ଟ, ଘଂଟା, ମର୍ଦ୍ଦଳ, ହରିବୋଲ ଓ ହୁଳହୁଳି ମଧ୍ୟରେ ଟାଣିଆଣିଥିଲେ କୋଣାର୍କ ରାଜାରମ ମଠସ୍ଥିତ ଶ୍ରୀ ଜଗନ୍ନାଥଙ୍କ ମନ୍ଦିରକୁ। ଏହି ବାହୁଡ଼ା ଯାତ୍ର ଦେଖିବା ପାଇଁ ସ୍ଥାନୀୟ ଅହଚଳର ହଜାର ହଜାର ଶ୍ରଦ୍ଧାଳୁ ରାସ୍ତାର ଉଭୟ ପାଶ୍ୱରେ ରହି ଶ୍ରୀଜିଉମାନଙ୍କୁ ଦର୍ଶନକରି କୃତାର୍ଥ ଲାଭ କରିଥିଲେ। ଗୁରୁବାର ଶ୍ରୀଜିଉମାନଙ୍କର ରଥଉପରେ ସୁନାବେଷ ଅନୁଷ୍ଠିତ ହେବା ସହିତ ରଥ ସମ୍ମୁଖସ୍ଥ ଭଜନ ମଣ୍ଡପରେ ଭଜନ ପରିବେଶଣ କରାଯିବ। ଏଥି ପାଇଁ କୋଣାର୍କ ଶ୍ରୀମନ୍ଦିର ଟ୍ରଷ୍ଟ ବୋର୍ଡ ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଇଛି। ରଥ ଯାତ୍ରା ଓ ସୁନା ବେଶ ସମୟରେ ଶାନ୍ତିଶୃଙ୍ଖଳା ପାଇଁ ପୁଲିସ ପକ୍ଷରୁ ମଧ୍ୟ ବ୍ୟାପକ ବନ୍ଦୋବସ୍ତ କରାଯାଇଛି।

# ବ୍ୟାଙ୍କ୍ ସମୂହ ଜିଲ୍ଲାସ୍ତରୀୟ ସମନ୍ୱୟ କମିଟିର ଏକ ସ୍ୱତନ୍ତ୍ର ବୈଠକ

ମାଲକାନଗିରି ,(ପି.ଏନ): ବ୍ୟାଙ୍କ୍ ସମୂହ ଜିଲ୍ଲାସ୍ତରୀୟ ସମନ୍ୱୟ କମିଟିର ଏକ ସ୍ୱତନ୍ତ୍ର ବୈଠକ ଜିଲ୍ଲା ପରିଷଦ ଉନ୍ନୟନ ଅଧିକାରୀ ତଥା ନିର୍ବାହୀ ଅଧିକାରୀ ରତ୍ନାକର ସାହୁଙ୍କ ଅଧ୍ୟକ୍ଷତାରେ ଏବଂ ଅତିରିକ୍ତ ଜିଲ୍ଲାପାଳ ରାଜସ୍ୱ ମହେଶ୍ୱର ଚ଼ନ୍ଦ୍ର ନାଏକଙ୍କ ଉପସ୍ଥିତିରେ ଜିଲ୍ଲାପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାର ଆର୍ଥିକ ଓ ସାମାଜିକ ବିକାଶ ନିମନ୍ତେ ବ୍ୟାଙ୍କ୍ କର୍ତ୍ତୃପକ୍ଷମାନେ ଉତ୍ତମ ସମନ୍ୱୟ ରଖି କାର୍ଯ୍ୟ କରିବା ଉପରେ ଶ୍ରୀ ସାହୁ ଗୁରୁତ୍ୱାରୋପ କରିଥିଲେ।ରାଜ୍ୟ ସରକାର ସ୍ୱୟଂ ସହାୟକ ଗୋଷ୍ଠୀ ମାନଙ୍କୁ ଋଣ ପ୍ରଦାନ କରିବା ପାଇଁ ଅଧିକ ଗୁରୁତ୍ୱ ଦେଉଛନ୍ତି। ତେଣୁ ସ୍ୱୟଂ ସହାୟକ ଗୋଷ୍ଠୀ କିଭଳି ସୁବିଧାରେ ଋଣ ପାଇପାରିବେ ସେଥିପ୍ରତି ଧ୍ୟାନ ଦେବାକୁ ସମସ୍ତ ବ୍ୟାଙ୍କର ମାନଙ୍କୁ ଶ୍ରୀ ସାହୁ ଗୁରୁତ୍ୱାରୋପ କରିଛନ୍ତି। ସେହିପରି ପଚ଼ାଶ ହଜାର କିମ୍ବା ଏକ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ଋଣର ଆବଶ୍ୟକତା ଥିଲେ ବ୍ୟାଙ୍କ ନଯାଇ ଗ୍ରାମ ପଞ୍ଚାୟତ ସ୍ତରୀୟ ମହାସଂଘରୁ ସ୍ୱୟଂ ସହାୟକ ଗୋଷ୍ଠୀର ସଦସ୍ୟମାନେ ଏହି ଋଣ ନେଇପାରିବେ ବୋଲି ବୈଠକରେ ସୂଚ଼ନା ଦିଆଯାଇଛି। ମାର୍ଚ୍ଚ ୨୦୨୩ ସୁଦ୍ଧା ୪ ହଜାର ୬୮୬ ଟି ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ୯୫ କୋଟି ୭୬ ଲକ୍ଷ ଟଙ୍କାର ଋଣ ମଞ୍ଜୁର କରାଯାଇଛି। ଜିଲ୍ଲାର କୃଷକ ମାନଙ୍କ ଉନ୍ନତି ନିମନ୍ତେ ଏଗ୍ରୀ କ୍ଲିନିକ୍ ଏବଂ ଏଗ୍ରୀବିଜିନେସ ସେଣ୍ଟର ( ଏସିଏବିସି) ଓ ଏଗ୍ରୀକଲଚ଼ର ଇନଫାଷ୍ଟ୍ରକଚ଼ର୍ ଫଣ୍ଡ ( ଏ ଆଇ ଏଫ୍) ଉପରେ ଅଧିକ ଗୁରୁତ୍ୱାରୋପ କରି ଋଣ ପ୍ରଦାନ କରିବାକୁ ବ୍ୟାଙ୍କର ମାନଙ୍କୁ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନାଏକ କହିଛନ୍ତି। । ଜିଲ୍ଲାରେ ସାମାଜିକ ସୁରକ୍ଷା ଅଧିନରେ ୪୧ ହଜାର ୨୩୩ ଜଣ ହିତାଧିକାରୀ ଡିବିଟି ମାଧ୍ୟମରେ ପେନସନ ପାଉଛନ୍ତି। ସେମାନଙ୍କ ମଧ୍ୟରୁ ପ୍ରାୟ ୧୫ଶହ ଜଣ ଶଯ୍ୟାଶାୟୀ ହିତାଧିକାରୀ ରହିଛନ୍ତି। ସେମାନେ ଯେଉଁଭଳି ଭାବେ ସୁବିଧା ରେ ବ୍ୟାଙ୍କ୍ ସେବା ପାଇ ପାରିବେ, ସେଥିପ୍ରତି ସମସ୍ତ ବ୍ୟାଙ୍କ୍‌ମାନେ ଯତ୍ନବାନ ହେବାକୁ କୁହାଯାଇଛି। ସେହିପରି ଭିନ୍ନକ୍ଷମ ଏବଂ ବାର୍ଦ୍ଧକ୍ୟ ବ୍ୟକ୍ତିଙ୍କ ନିମନ୍ତେ ବ୍ୟାଙ୍କ୍ ମାନଙ୍କ ରେ ସ୍ୱତନ୍ତ୍ର ଧାଡ଼ି ବ୍ୟବସ୍ଥା ସହ ଏଥି ପ୍ରତି ସମ୍ବେଦନଶୀଳ ହୋଇ ବିଶେଷ ଧ୍ୟାନ ଦେବାକୁ କୁହାଯାଇଛି। ଏହି ବୈଠକରେ ଅଗ୍ରଣୀ ବ୍ୟାଙ୍କ୍ ମ୍ୟାନେଜର ଶ୍ରୀ ନୃସିଂହପ୍ରସାଦ ପାଢ଼ୀ ସମସ୍ତଙ୍କୁ ସ୍ୱାଗତ ଜଣାଇବା ସହ ବୈଠକର ଆଲୋଚ଼ନା ବିଷୟରେ ସମସ୍ତଙ୍କୁ ଅବଗତ କରାଇଥିଲେ। ସେହିପରି ରାଷ୍ଟ୍ରୀୟ କୃଷି ଏବଂ ଗ୍ରାମୀଣ ବିକାଶ ବ୍ୟାଙ୍କ୍ ର ଡି ଡିଏମ ମହିତ୍ ଅଗ୍ରୱାଲ ସମସ୍ତ ବ୍ୟାଙ୍କରମାନଙ୍କୁ ବିଭିନ୍ନ କ୍ଷେତ୍ରରେ ଦିଆଯାଇଥିବା ଲକ୍ଷ୍ୟ ହାସଲ ବିଷୟରେ ସମୀକ୍ଷା କରିଛନ୍ତି। ସୂଚ଼ନା ଯୋଗ୍ୟ, ବଳରାମ ଯୋଜନାରେ ଜିଲ୍ଲାର କୃଷକମାନଙ୍କୁ କୃଷି ଋଣ ପ୍ରଦାନ କରିବାରେ ଏକ୍ସିସ ବ୍ୟାଙ୍କ୍ ଅଗ୍ରଣୀ ରହିଛି। ବ୍ୟାଙ୍କ ନଥିବା ଗ୍ରାମ ପଞ୍ଚାୟତରେ ବ୍ୟାଙ୍କ ସେବା ଆରମ୍ଭ କରାଯିବା ପାଇଁ ଜିଲ୍ଲା ପ୍ରଶାସନ ତରଫରୁ ଗୁରୁତ୍ୱାରୋପ କରାଯାଉଅଛି। ଫଳସ୍ୱରୂପ କାଦଲମେଟଲା ରେ ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ ଏବଂ ମହୁପଦର୍ ଠାରେ ବ୍ୟାଙ୍କ ଅଫ ବରୋଦାର ଏକ ବ୍ରିକ୍ ଓ ମୋଟାର ବ୍ରାଞ୍ଚ ଖୋଲାଯାଇଛି। ପଡ଼ିଆ ରେ ମଧ୍ୟ ଏସବିଆଇ ବ୍ୟାଙ୍କ ଖୋଲାଯିବ ବୋଲି ସୂଚ଼ନା ମିଳିଛି। ପରିଶେଷରେ ଏପିଡି ବାଲାଜୀ ପଟ୍ଟନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ଫୁଲବାଣୀ ଅବକାରୀ ବିଭାଗ ଜବତ କଲା ଚ଼ାରି କ୍ୱିଣ୍ଟାଲ ଗଞ୍ଜେଇ

ଫୁଲବାଣୀ,(ପି.ଏନ) :କନ୍ଧମାଳ ଜିଲ୍ଲା ଫୁଲବାଣୀ ଅବକାରୀ ବିଭାଗକୁ ମିଳିଛି ବଡ ସଫଳତା। ଫିରିଙ୍ଗିଆ ଥାନା ଅନ୍ତର୍ଗତ କୁଟୁଣି ପଦର ଗ୍ରାମ ନିକଟ ଜଙ୍ଗଲରୁ ଜବତ କଲା ଚ଼ାରି କ୍ୱିଣ୍ଟାଲ ଗଞ୍ଜେଇ। ସୂଚ଼ନା ଅନୁସାରେ କନ୍ଧମାଳ ଜିଲ୍ଲା ଫୁଲବାଣୀ ଅବକାରୀ ବିଭାଗ କୌଣସି ସୂତ୍ରରୁ ଖବର ପାଇ ଅବକାରୀ ଅଧିକ୍ଷକ ପ୍ରବୀର କୁମାର ସାମଲଙ୍କ ନେତୃତ୍ୱରେ ୧୨ ଜଣ କର୍ମଚ଼ାରୀଙ୍କ ସହ ଫିରିଙ୍ଗିଆ ଥାନା ଅନ୍ତର୍ଗତ କୁଟୁଣି ପଦର ଗ୍ରାମ ନିକଟ ଜଙ୍ଗଲରେ ଗଞ୍ଜେଇ ଚୋରା ଚ଼ାଲାଣ ପାଇଁ ରଖାଯାଇଥିବା ଚ଼ାରି କ୍ୱିଣ୍ଟାଲ ଗଞ୍ଜେଇ ଜବତ କରିଛି କିନ୍ତୁ କୌଣସି ଅଭିଯୁକ୍ତ ଧରାପଡ଼ି ନାହାନ୍ତି। ଏ ସଂକ୍ରାନ୍ତରେ ଜଡିତ ଥିବା ଗଞ୍ଜେଇ ମାଫିଆଙ୍କୁ ଖୁବ ଶୀଘ୍ର ଧରାଯିବ ବୋଲି ଅବକାରୀ ଅଧିକ୍ଷକ ଶ୍ରୀ ସାମଲ ସୂଚ଼ନା ଦେଇଛନ୍ତି ।

## କ୍ଲିନ ଆଣ୍ଡ କ୍ଲିୟର୍ ପକ୍ଷରୁ ନୂଆ ଓ ଉନ୍ନତ ଫୋମିଙ୍ଗ ଫେସୱାଶର ଶୁଭାରମ୍ଭ

କଟକ,(ପି.ଏନ): ଭାରତର ଅନ୍ୟତମ ଅଗ୍ରଣୀ କିଶୋରୀ ସ୍କିନ କେୟାର ବ୍ରାଣ୍ଡ କ୍ଲିନ ଆଣ୍ଡ କ୍ଲିୟର ପକ୍ଷରୁ ଏହାର ନୂଆ ଏବଂ ଉନ୍ନତ କ୍ଲିନ ଆଣ୍ଡ କ୍ଲିୟର ଫୋମିଙ୍ଗ ଫେସୱାଶର ଶୁଭାରମ୍ଭ କରାଯାଇଛି, ଯାହା କିଶୋରୀ ଝିଅମାନେ ସମ୍ମୁଖୀନ ହେଉଥିବା ବ୍ରଣ ଏବଂ ତୈଳାକ୍ତ ତ୍ୱଚା ମସସ୍ୟାର ସମାଧାନ କରିବ। ଏହି ଶକ୍ତିଶାଳୀ ନୂଆ ଫର୍ମୁଲେସନ ୫୦% ପିମ୍ପଲ-ଫାଇଟିଙ୍ଗ ଉପାଦାନରେ ସମୃଦ୍ଧ ଥିବାବେଳେ ମାତ୍ର ୧ ସପ୍ତାହ ମଧ୍ୟରେ ବ୍ରଣ ହ୍ରାସ କରିବା ପାଇଁ କ୍ଲିନିକାଲ ରୂପେ ପ୍ରମାଣିତ ଅଟେ। ଏହି ଅଲ ନ୍ୟୁ କ୍ଲିନ ଆଣ୍ଡ କ୍ଲିୟର ଫୋମିଙ୍ଗ ଫେସୱାଶ ୯୯% ପର୍ଯ୍ୟନ୍ତ ମଇଳା, ତେଲ ଏବଂ ଆକ୍ନେ ସୃଷ୍ଟିକାରୀ ବ୍ୟାକ୍ଟେରିଆ ଦୂର କରି କୋମଳତାର ସହ ତ୍ୱଚାକୁ ପରିଷ୍କାର କରିଥାଏ ଏବଂ ଏଥିରେ କୌଣସି ସଲଫେଟ ଓ ପାରାବିନ ନାହିଁ। ହାଇଡ୍ରେଟିଂ ଉପାଦାନ ସହିତ ନିର୍ମିତ ଏହି ଫେସୱାଶ ତ୍ୱଚାର ୯୯% ପ୍ରାକୃତିକ ଆର୍ଦ୍ରତାକୁ ସଂରକ୍ଷିତ ରଖିବା ପାଇଁ ୪ଗୁଣା ଅଧିକ ହାଇଡ୍ରେସନ ପ୍ରଦାନ କରିଥାଏ। ଏହା ପ୍ରତ୍ୟେକ ବ୍ୟବହାର ପରେ ଏକ ଚମକିତ ଏବଂ ସତେଜ ତ୍ୱଚା ପ୍ରଦାନ କରିଥାଏ। ଏହି ନୂତନ ଉତ୍ପାଦର ଶୁଭାରମ୍ଭ ସହିତ ଗ୍ରାହକମାନେ ଏକ ଅଧିକ ପ୍ରଭାବକାରୀ କ୍ଲିନଜ୍ ପାଇବେ ଯାହା ମାତ୍ର ଏକ ସପ୍ତାହ ମଧ୍ୟରେ ବ୍ରଣ ହ୍ରାସ କରିବା ସହିତ ସେଗୁଡ଼ିକୁ ପୁଣି ଫେରିବାକୁ ରୋକିବ। ଏହି ଶୁଭାରମ୍ଭ ଉପରେ ମତ ରଖି କେନ୍ୟୁର ମାର୍କେଟିଙ୍ଗ ଏବଂ ବିଜନେସ ୟୁନିଟ ହେଡ ଉପାଧ୍ୟକ୍ଷ ଶ୍ରୀ ମନୋଜ ଗଡ଼ଗୀଲ କହିଛନ୍ତିଯେ, ନ୍ତବର୍ଷ ବର୍ଷ ଧରି ଆମ ଉତ୍ପାଦର ଶ୍ରେଷ୍ଠତା ଏବଂ ପ୍ରଭାବଶାଳୀତା ଯୋଗୁଁ ସମଗ୍ର ଭାରତରେ ଲକ୍ଷ ଲକ୍ଷ ଝିଅମାନଙ୍କ ଦ୍ୱାରା ବିଶ୍ୱାସଯୋଗ୍ୟ କ୍ଲିନ ଆଣ୍ଡ କ୍ଲିୟର ନିଜକୁ ଏକ ଅଗ୍ରଣୀ ସ୍କିନକେୟାର ବ୍ରାଣ୍ଡ ଭାବେ ପ୍ରତିଷ୍ଠା କରିଛି। ଏହି ବ୍ରାଣ୍ଡ ସର୍ବଦା କିଶୋର କିଶୋରୀମାନଙ୍କୁ ବ୍ରଣ ସମ୍ପର୍କରେ ସେମାନଙ୍କର ଅନ୍ତରୀଣ ପ୍ରତିବନ୍ଧକକୁ ଦୂର କରିବା ଏବଂ ସେମାନଙ୍କ ଆତ୍ମବିଶ୍ୱାସକୁ ବଢ଼ାଇବା ପାଇଁ ପ୍ରେରଣା ଦେବାକୁ ଚେଷ୍ଟା କରିଆସିଛି। ଏହାର ନୂତନ ଅବତାରରେ କ୍ଲିନ ଆଣ୍ଡ କ୍ଲିୟର ଫୋମିଙ୍ଗ ଫେସୱାଶ ଆମ ପ୍ରତିଶ୍ରୁତିକୁ ଆହୁରି ଆଗକୁ ବଢ଼ାଇଛି, ଯାହା ଯୁବ ଝିଅମାନଙ୍କୁ ଉତ୍ତମ ଫଳାଫଳ ପ୍ରଦାନ କରୁଥିବାବେଳେ ସେମାନଙ୍କ ତ୍ୱଚାକୁ ହାଇଡ୍ରେଟେଡ ରଖିବା ସହିତ ବ୍ରଣ ଏବଂ ଅନ୍ୟାନ୍ୟ ବ୍ରଣ ସମ୍ବନ୍ଧୀୟ ଚିନ୍ତାକୁ ପ୍ରଭାବୀ ଢଙ୍ଗରେ ମୁକାବିଲା କରିବାରେ ସାହାଯ୍ୟ କରିବା ପାଇଁ ଏକ ଉନ୍ନତ ଏବଂ ଅଧିକ ଶକ୍ତିଶାଳୀ ସମାଧାନ ପ୍ରଦାନ କରୁଛି।

# ରାୟପୁର ଜଗନ୍ନାଥ ମନ୍ଦିରରେ ମହାସମାରୋହରେ ବାହୁଡ଼ା ଯାତ୍ରା ସମ୍ପନ୍ନ

ରାୟପୁର,(ପି.ଏନ): ରାୟପୁରର ଗାୟତ୍ରୀ ନଗରରେ ଥିବା ଛତିଶଗଡ଼ର ସର୍ବବୃହତ ଜଗନ୍ନାଥ ମନ୍ଦିରଠାରେ ପବିତ୍ର ବାହୁଡ଼ା ଯାତ୍ରା ପ୍ରବଳ ଆନନ୍ଦ, ଉତ୍ସାହ, ଉଲ୍ଲାସ ଓ ଉଦ୍ଦୀପନା ମଧ୍ୟରେ ଅନୁଷ୍ଠିତ ହୋଇଯାଇଛି। ଏହି ଉପଲକ୍ଷେ ଚତୁର୍ଦ୍ଧାମୂର୍ତ୍ତି ବିରାଜମାନ କରୁଥିବା ମନ୍ଦିରର ବେସମେଣ୍ଟସ୍ଥିତ ମାଉସୀମା ଘରର ଆଡ଼ପ ମଣ୍ଡପ ସାମ୍ନାରେ ସ୍ୱତନ୍ତ୍ର ପୂଜାର୍ଚ୍ଚନା ଅପରାହ୍ନ ସୁଦ୍ଧା ସମ୍ପନ୍ନ କରାଯାଇଥିଲା। ଦିନ ୪ ଟା ବେଳେ ଚାରି ଠାକୁରଙ୍କୁ ବାଦ୍ୟ, କୀର୍ତ୍ତନର ତାଳେ ତାଳେ ଧାଡ଼ି ପହଣ୍ଡି କରାଯାଇ ମନ୍ଦିର ସମ୍ମୁଖରେ ଦଣ୍ଡାୟମାନ ସୁନ୍ଦର, ସୁଶୋଭିତ ଓ ରଙ୍ଗବେରଙ୍ଗ କପଡ଼ାରେ ସୁସଜ୍ଜିତ ତିନି ରଥ ଉପରକୁ ନିଆଯାଇଥିଲା। ଏହାପରେ ମୁଖ୍ୟଅତିଥି ଛତିଶଗଡ଼ ରାଜ୍ୟ ଭାରତୀୟ ଜନତା ପାର୍ଟିର ପୂର୍ବତନ ସଂଗଠନ ମନ୍ତ୍ରୀ ରାମ ପ୍ରତାପ ସିଂହ ପାରମ୍ପରିକ ଛେରା ପହଁରା କାର୍ଯ୍ୟ ସମ୍ପନ୍ନ କରିଥିଲେ। ମନ୍ଦିରର ପ୍ରତିଷ୍ଠାତା ପୁରନ୍ଦର ମିଶ୍ର ତାଙ୍କୁ ଏହି



କାର୍ଯ୍ୟରେ ସହଯୋଗ କରିଥିଲେ। ସନ୍ଧ୍ୟା ପାଞ୍ଚଟା ବେଳେ ରଥ ଟଣାର ଶୁଭାରମ୍ଭ କରଯାଇଥିଲା। ଉପସ୍ଥିତ ଭକ୍ତମାନଙ୍କର ହରିବୋଲ, ହୁଳହୁଳି, ଜୟ ଜଗନ୍ନାଥ ଧ୍ୱନି ଏବଂ ଶଙ୍ଖ, ଘଣ୍ଟ, କରତାଳ, ମର୍ଦ୍ଦଳ, ଝାଞ୍ଜ ଓ ମୃଦଙ୍ଗ ବାଜଣାର ଗହ ଗହ ନାଦ ତଥା ଭଜନ, କୀର୍ତ୍ତନର ମୃଦ୍ୟୁମନ୍ଦ ଆବାଜ ମଧ୍ୟରେ ମନ୍ଦିର ବେଢାରେ ରାଜକୀୟଠାଣିରେ ମହାପ୍ରଭୁ ଶ୍ରୀ ଜଗନ୍ନାଥ ତାଙ୍କର ବଡ଼ ଭାଇ ଶ୍ରୀ ବଳଭଦ୍ର ଏବଂ ଭଉଣୀ ଦେବୀ ସୁଭଦ୍ରାଙ୍କର ରଥ ଗୁଡ଼ିକ ଗଡି ଗଡି ଚାଲିବାର ଦୃଶ୍ୟ ଅନନ୍ୟ ଓ ଅଭୁଲା ଥିଲା। ସନ୍ଧ୍ୟା ୬ଟା ସୁଦ୍ଧା ବେଢ଼ା ଭ୍ରମଣ କରି ରଥ ଗୁଡ଼ିକ ମୁଖ୍ୟ ମନ୍ଦିର ସାମ୍ନାକୁ ଆସିଯାଇଥିଲା। ଏଠାରେ ରଷି ଥିବା ମହାଲକ୍ଷ୍ମୀ ପୂର୍ବରୁ ପ୍ରସ୍ତୁତ ଥାଇ ବଡ଼ ଠାକୁରଙ୍କ ମନ୍ଦିର ପ୍ରବେଶକୁ ରୋକିଥିଲେ। କାରଣ ତାଙ୍କୁ ରଥଯାତ୍ରାରେ ସାମିଲ କରାଯାଇନଥିଲା। ଶ୍ରୀ ଜଗନ୍ନାଥ ଅବିଳମ୍ବେ ସୁସ୍ୱାଦୁ ରସଗୋଲା ପ୍ରଦାନ କରି ମାଆଙ୍କର ମାନଭଞ୍ଜନ କରିଥିଲେ। ମନ୍ଦିର ପ୍ରାଙ୍ଗଣରେ ଏହି ଉପାଖ୍ୟାନର ନାଟକୀୟ ରୂପକରଣ ମଞ୍ଚସ୍ଥ କରଯାଇଥିଲା। ସନ୍ଧ୍ୟା ୭ଟା ବେଳେ ସାହି ରୋଷଣୀ କରାଯାଇ ଶ୍ରୀ ଜୀଉ ମାନଙ୍କୁ ମନ୍ଦିର ମଧ୍ୟକୁ ନିଆଯାଇ ରତ୍ନ ସିଂହାସନରେ ଆସୀନ କରାଯାଇଥିଲା। ବାହୁଡ଼ା ଯାତ୍ରାର ସମଗ୍ର ଅୟୋଜନକୁ ସୂଚାରୁ ରୂପେ ସମ୍ପନ୍ନ କରିବାରେ ମନ୍ଦିର ପରିଚାଳନା କମିଟି ଶ୍ରୀ ଜଗନ୍ନାଥ ମନ୍ଦିର ସେବା ସମିତିର ସଂରକ୍ଷକ ସଦସ୍ୟ ଗଣ ଯଥା ପୁରନ୍ଦର ମିଶ୍ର, ମନ୍ମଥ କୁମାର ରାଉତ, ସୁବ୍ରତ ସାହୁ, ସୁବାସ ଅଗ୍ରୱାଲ, ଗୋପାଳ ଅଗ୍ରୱାଲ, ଦ୍ୱାରିକାଧୀଶ ମିଶ୍ର, ରମେଶ କୁମାର ଅଗ୍ରୱାଲ ଓ ପ୍ରକାଶ ଦାସ ପ୍ରମୁଖ ମୁଖ୍ୟ ଭୂମିକା ଗ୍ରହଣ କରିଥିଲେ।

ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)

NURSERY (3+)

LKG, UKG, STD-I TO V

25% reservation as per RTE Act (2009)



FIND THE DIFFERENCE

- Surveillance through CCTV Camera
- Small Classes
- Congenial Environment
- Intimate, Safe & Secured Place
- Experienced & loving teachers
- Individual attention to each child
- Spacious Playground
- AC Activity Room
- Transport Facilities

TUITION CLASSES for Std I to Std V Timing: 5 PM to 6.30 PM

MAHARISHI PUBLIC SCHOOL

N4-F/24, IRC Village, Nayapalli, Bhubaneswar, Phone: 0674-2558884, 2550786

E-mail: maharishipublic13@gmail.com

25% Seats reserved in Std. 1 under RTE Act

Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ

EDITOR : Dr. Pabitra Mohan Samantaray